୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

Vol.26 . No.264 Bhubaneswar Tuesday December 03 2024 | ୨୬ତମ ବର୍ଷ ସଂଖ୍ୟା-୨୬୪ ଭୁବନେଶ୍ୱର, ମଙ୍ଗଳବାର, ଡିସେମ୍ବର ୦୩, ୨୦୨୪ (୮ ପୃଷ୍ଠା) ମୂଲ୍ୟ-୧.୫୦ ₹1.50 (Air Surcharge - 0.50P) Member-INS

## ନବଦାସ ହତ୍ୟା, ତଥ୍ୟ ଲୁଚାଇଲା ଗୃହବିଭାଗ

ଭୁବନେଶ୍ୱର,୨।୧୨(ପି.ଏନ): ରାଜ୍ୟର ଜଣେ ବରିଷ୍ଠ କ୍ୟାବିନେଟ୍ ମନ୍ତ୍ରୀ ନବ ଦାସଙ୍କୁ ସର୍ବସମ୍ମୁଖରେ ହତ୍ୟା କରାଗଲା । ଘଟଣାକୁ ଦୁଇବର୍ଷ ପୁରିବାକୁ ବସିଲାଣି, କିନ୍ତୁ ଏପର୍ଯ୍ୟନ୍ତ ହତ୍ୟା ପଛରେ କେଉଁମାନେ ସମ୍ପୃକ୍ତ ଓ ହତ୍ୟାର ପ୍ରକୃତ କାରଣ କ'ଣ ତାହା ଜଣାପଡିଲା ନାହିଁ । ବିଜେଡିର ତତକାଳୀନ ବଡପଣ୍ଡାମାନଙ୍କ ସମ୍ପୃକ୍ତି ଓ ଷଡଯନ୍ତ୍ରର ଅଭିଯୋଗ ଉଭୟ ପରିବାର ସଦସ୍ୟ ଓ ବିରୋଧୀ ଦଳ ଆଣିଥିଲେ ମଧ୍ୟ ଏପର୍ଯ୍ୟନ୍ତ ପ୍ରକୃତ ତଥ୍ୟକୁ ପଦାକୁ ଆଣିବାରେ ତଦନ୍ତକାରୀ ସଂସ୍ଥା ରାଜ୍ୟ କ୍ରାଇମବ୍ରାଂଚ୍ ସକ୍ଷମ ହୋଇନି । ସବୁଠୁ ଆଶ୍ଚର୍ଯ୍ୟର କଥା, ରାଜ୍ୟରେ ବିଜେପି ସରକାରକୁ ଆସିବାର ସା ? ? ୫ମାସ ବିତିଲାଣି ତଥାପି ନବ ଦାସ ହତ୍ୟା ମାମଲାର ତଦନ୍ତର ଅଗ୍ରଗତି କେଉଁ ସ୍ଥିତିରେ ରହିଛି ତା'ର ଖବର ବି ସରକାରଙ୍କ ପାଖରେ ନାହିଁ । ଗୃହ ବିଭାଗର ଦାୟିତ୍ୱରେ ଥିବା ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କ ମାଧ୍ୟମରେ ଲିଖିତ ଉତ୍ତରରେ ବିଧାନସଭାରେ ତଥ୍ୟ ରଖି ପ୍ରଶାସନିକ କଳ ତାଙ୍କୁ ବଦନାମ ପାଇଁ ଷଡଯନ୍ତ୍ର କରୁନି ତ ବୋଲି ସାଧାରଣରେ





ସନ୍ଦେହ ସୃଷ୍ଟି ହୋଇଛି । ଆଜି ବିଧାନସଭାରେ ଝାରସୁଗୁଡାର ବିଜେପି ବିଧାୟକ ଟଙ୍କଧର ତ୍ରିପାଠୀ ଏକ ଲିଖିତ ଅଣତାରକା ପ୍ରଶ୍ନ ମାଧ୍ୟମରେ ନିଜ ନିର୍ବାଚନମଣ୍ଡଳୀର ପୂର୍ବତନ ବିଧାୟକ ତଥା ପୂର୍ବତନ ମନ୍ତ୍ରୀ ନବଦାସଙ୍କ ହତ୍ୟା ମାମଲାର ତଦନ୍ତର ସ୍ଥିତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀଙ୍କଠୁ ଜାଣିବାକୁ ଚାହିଁଥିଲେ । ଶ୍ରୀ ତ୍ରିପାଠୀ ପ୍ରଶ୍ନ କରିଥିଲେ ଯେ, "ତଦନ୍ତ ଏବେ କେଉଁସ୍ତରରେ ରହିଛି ଓ ବର୍ତ୍ତମାନସୁଦ୍ଧା ରାଜ୍ୟ ସରକାର ଏହି ଘଟଣାରେ କାହା ବିରୁଦ୍ଧରେ କି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିଛନ୍ତି, ତଦନ୍ତ ସମୟରେ ମୃତ ପରିବାରର କେଉଁ କେଉଁ ସଦସ୍ୟଙ୍କ ବୟାନ ରେକର୍ଡ ହୋଇଛି, ଏହି ହତ୍ୟାକାଣ୍ଡ ଘଟଣାର ତଦନ୍ତ ପାଇଁ ରାଜ୍ୟ ସରକାର ଆମେରିକାର ତଦନ୍ତକାରୀ ସଂସ୍ଥା ଏଫବିଆଇକୁ କେଉଁ ଉପାୟରେ ତଦନ୍ତ ପାଇଁ ଅନୁରୋଧ କରିଥିଲେ ଓ ତଦନ୍ତ କେଉଁସ୍ତରରେ ରହିଛି ବୋଲି ପ୍ରଶ୍ନ କରିଥିଲେ ।" ଝାରସୁଗୁଡା ନିର୍ବାଚନମଣ୍ଡଳୀରେ ନବ ଦାସଙ୍କ ହଜାର ହଜାର ସମର୍ଥକ ଅଛନ୍ତି, ଯେଉଁମାନଙ୍କ ଭାବାବେଗକୁ ସମ୍ମାନ ଜଣାଇ ବିଧାୟକ ଶ୍ରୀ ତ୍ରିପାଠୀ ଏଭଳି ପ୍ରଶ୍ନ କରିଥାଇପାରନ୍ତି ।

## ଆସନ୍ତାକାଲିଠୁ ୫ଦିନିଆ ଗସ୍ତରେ ଆସିବେ ରାଷ୍ଟ୍ରପତି

ଭୁବନେଶ୍ୱର,୨।୧୨(ପି.ଏନ): ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ଆସନ୍ତାକାଲିଠୁ ୫ଦିନିଆ ଓଡିଶା ଗସ୍ତରେ ଆସିବେ । ରାଷ୍ଟ୍ରପତିଙ୍କ ଗସ୍ତ ପାଇଁ ପ୍ରଶାସନ ପକ୍ଷରୁ କଡା ସୁରକ୍ଷା ବ୍ୟବସ୍ଥା ସହ ବ୍ୟାପକ ପ୍ରସ୍ତୁତି ହୋଇଛି । ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ନିଜର ୩ଦିନିଆ ଗସ୍ତ ଶେଷକରି ଗତକାଲି ଓଡିଶା ଛାଡିଥିବାବେଳେ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ଆସନ୍ତାକାଲିଠୁ ୫ଦିନିଆ ଓଡିଶା ଗସ୍ତରେ ଆସୁଛନ୍ତି । ରାଷ୍ଟ୍ରପତିଙ୍କ ଗସ୍ତ ପାଇଁ ରାଜଧାନୀ ଭୁବନେଶ୍ୱରରେ ଟ୍ରାଫିକ କଟକଣା ମଧ୍ୟ ଜାରି ହୋଇଛି ।ସୂଚନା ଅନୁସାରେ ରାଷ୍ଟ୍ରପତି ଶ୍ରୀମତୀ ମୁର୍ମୁ ସ୍ୱତନ୍ତ୍ର ବିମାନରେ ଆସନ୍ତାକାଲି ଅପରାହ୍ନ ୫ଟାରେ ଭୁବନେଶ୍ୱରରେ ପହଂଚିବେ



। ରାଷ୍ଟ୍ରପତି ଆସନ୍ତାକାଲି ପଣ୍ଡିତ ରଘୁନାଥ ମୁର୍ମୁଙ୍କ ନୂଆ ପ୍ରତିମୂର୍ତ୍ତି ଅନାବରଣ କରିବା ସହ ଆଦିମଓ୍ୱାର ଜାର୍ପା ଜାହେର ପରିଦର୍ଶନ କରିବେ ।

## ୭ ବର୍ଷ ଜେଲ ଦଣ୍ଡାଦେଶ ଶୁଣିବା ପରେ କୋର୍ଟ ପରିସରରୁ ଚମ୍ପଟ ମାରିଲେ ୨ ଦୋଷୀ

ନବରଙ୍ଗପୁର,୨।୧୨(ପି.ଏନ): କୋର୍ଟ ପରିସରରୁ ୨ ଦୋଷୀ ଫେରାର୍ ହୋଇଛନ୍ତି । ବିଚାରପତିଙ୍କ ଦଣ୍ଡାଦେଶ ପରେ ଦୋଷୀ ଦୁଇଜଣ ଚମ୍ପଟ ମାରିଥିବା କୁହାଯାଉଛି । ନବରଙ୍ଗପୁର ସିଜେଏମ୍ କୋର୍ଟ ପରିସରରେ ଏହି ଘଟଣା ଘଟିଥିବା ସୂଚନା । ଏଟିଏମ୍ ଲୁଟ୍ ଘଟଣାରେ ଜାମିନ ପାଇଥିଲେ । ଶୁଣାଣି ପାଇଁ କୋର୍ଟ ଆସିଥିବାବେଳେ ଜଜ୍ ତାଙ୍କୁ ଦୋଷୀ ପ୍ରମାଣିତ କରିଥିଲେ । କୋର୍ଟ ୭ ବର୍ଷର ଦଣ୍ଡାଦେଶ ଶୁଣାଇବା ପରେ ୨ ଦୋଷୀ ଚମ୍ପଟ ମାରିଥିଲେ । ଗତ ଜାନୁୟାରୀରେ ବ୍ଲକ୍ ସାମ୍ନା ଏସବିଆଇ ଏଟିଏମରୁ ଟଙ୍କା ଲୁଟ୍ କରିଥିଲେ ।

## ବାଂଲାଦେଶ ମିଶନରେ ଧସେଇ ପଶିଲେ ବିକ୍ଷୋଭକାରୀ, ଦୁଃଖଦାୟକ କହିଲା ଭାରତ



ଭୁବନେଶ୍ୱର,୨।୧୨(ପି.ଏନ): ତ୍ରିପୁରାର ଅଗରତାଲାରେ ଥିବା ବାଂଲାଦେଶ ଆସିସଷ୍ଟାଣ୍ଟ ହାଇକମିଶନରେ ଆଜି ସାଂଘାତିକ ସୁରକ୍ଷା ତ୍ରୁଟି ଦେଖିବାକୁ ମିଳିଛି । ବାଂଲାଦେଶରେ ସନ୍ଥମାନଙ୍କ ଗିରଫଦାରୀ ବିରୋଧରେ ଆଜି ବାଂଲାଦେଶ ମିଶନ ବାହାରେ ବିକ୍ଷୋଭ ପ୍ରଦର୍ଶନ କରାଯାଇଥିଲା । ଏହି ସମୟରେ ବିକ୍ଷୋଭକାରୀମାନେ ମିଶନ ଭିତରେ ଧସେଇ ପଶି ଯାଇଥିଲେ । ଏପରି ଘଟଣାକୁ ଭାରତ ସରକାର ନିନ୍ଦା କରିଛନ୍ତି । ଏଥିସହ ଘଟଣାଟି ଅତ୍ୟନ୍ତ ଦୁଃଖଦାୟକ ବୋଲି କହିଛନ୍ତି ।

## 'ଦକ୍ଷିଣ ଓଡିଶା ବିକାଶ ପରିଷଦ' ଗଠନ ପାଇଁ ଟାସ୍କ ଫୋର୍ସ

ଭୁବନେଶ୍ୱର,୨।୧୨(ପି.ଏନ):'ଦକ୍ଷିଣ ଓଡିଶା ବିକାଶ ପରିଷଦ' ଗଠନ କରିବା ପାଇଁ ରାଜ୍ୟ ସରକାର ଏକ ଟାସ୍କ ଫୋର୍ସ ଗଠନ କରିଛନ୍ତି । ଆଜି ଏନେଇ ବିଧାନସଭାରେ ସୂଚନା ଦେଇଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ । ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ, ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ତଥା ବିଦ୍ୟାଳୟ ଓ ଗଣଶିକ୍ଷା ମନ୍ତ୍ରୀ ନିତ୍ୟାନନ୍ଦ ଗଣ୍ଡଙ୍କ ଅଧ୍ୟକ୍ଷତାରେ ଏହି ଟାସ୍କ ଫୋର୍ସ ଗଠନ କରାଯାଇଛି । ଏଥିରେ ବାଣିଜ୍ୟ ଓ ପରିବହନ ଏବଂ ଇସ୍ପାତ ଓ ଖଣି ମନ୍ତ୍ରୀ ବିଭୁତି ଭୂଷଣ ଜେନା, ମତ୍ସ୍ୟ ଓ ପ୍ରାଣୀ ସମ୍ପଦ ତଥା ଅଣୁ, କ୍ଷୁଦ୍ର ଓ ମଧ୍ୟମ ଉଦ୍ୟୋଗ ରାଷ୍ଟ୍ର ମନ୍ତ୍ରୀ (ସ୍ୱାଧୀନ) ଗୋକୁଳାନନ୍ଦ ମଲ୍ଲିକ, ନବରଙ୍ଗପୁର ସାଂସଦ ବଳଭଦ୍ର ମାଝୀ, କନ୍ଧମାଳ



ସାଂସଦ ସୁକାନ୍ତ କୁମାର ପାଣିଗ୍ରାହୀ, ଦିଗପହଣ୍ଡି ବିଧାୟକ ସିଦ୍ଧାନ୍ତ ମହାପାତ୍ର, ମାଲକାନଗିରି ବିଧାୟକ ନରସିଂହ ମାଡକାମି, ପାରଳାଖେମୁଣ୍ଡି ବିଧାୟକ ରୁପେଶ କୁମାର ପାଣିଗ୍ରାହୀ, ଫୁଲବାଣୀ ବିଧାୟକ ଉମାଚରଣ ମଲ୍ଲିକ ଓ ପଟ୍ଟାଙ୍ଗୀ ବିଧାୟକ ରାମଚନ୍ଦ୍ର କାଡାମଙ୍କୁ ସଦସ୍ୟ ଭାବେ ରଖାଯାଇଛି । ଏହା ସହିତ ଏହି ଟାସ୍କ ଫୋର୍ସରେ ୩ ଜଣ ଏକ୍ସ-ଅଫିସିଓ ମେମ୍ବର ମଧ୍ୟ ରହିଛନ୍ତି । ସେମାନେ ହେଉଛନ୍ତି- ଦକ୍ଷିଣାଞ୍ଚଳ ଆରଡିସି, କେନ୍ଦ୍ରାଞ୍ଚଳ ଆରଡିସି ଓ ପଶ୍ଚିମ ଓଡିଶା ବିକାଶ ପରିଷଦର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ । ଯୋଜନା ଓ ସଂଯୋଜନ ବିଭାଗର ସ୍ୱତନ୍ତ୍ର ସଚିବ ଏହାର ସଦସ୍ୟ ଆବାହକ ଅଛନ୍ତି । ଏହି ଟାସ୍କ ଫୋର୍ସ ସଂପର୍କରେ ଘୋଷଣା କରି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଗୃହରେ କହିଥିଲେ ଯେ, ଓଡିଶାର ଦକ୍ଷିଣାଞ୍ଚଳର ବିକାଶ ସହିତ ବିକାଶ ପ୍ରକ୍ରିୟାରେ ସବୁ ବର୍ଗଙ୍କୁ ଅନ୍ତର୍ଭୁକ୍ତ କରିବା ପାଇଁ 'ଦକ୍ଷିଣ ଓଡିଶା ବିକାଶ ପରିଷଦ' ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରିବ । ଏହି ବିକାଶ ପରିଷଦ କିପରି ଗଠିତ ହେବ, ଏଥିରେ କେଉଁ ଜିଲ୍ଲା ଓ ବ୍ଲକ ସାମିଲ ହେବ ଏବଂ ଏହାର ଢାଞ୍ଚା ଓ କାର୍ଯ୍ୟପ୍ରଣାଳୀ କ'ଣ ରହିବ, ସେ ସମ୍ପର୍କରେ ସୁଚିନ୍ତିତ ମତାମତ ଦେବା ପାଇଁ ଏହି ଟାସ୍କ ଫୋର୍ସ ଗଠନ କରାଯାଇଛି । ଗଠନ ହେବାର ୩୦ ଦିନ ମଧ୍ୟରେ ଏହି ଟାସ୍କ ଫୋର୍ସ ରିପୋର୍ଟ ଦାଖଲ କରିବ ।

## ପ୍ରଦେଶ କଂଗ୍ରେସ କମିଟି (ପିସିସି)ର ନୂଆ ସଭାପତି କିଏ ହେବେ ? ଚାରିଜଣଙ୍କ ନାମକୁ ସୁପାରିସ




ନୂଆଦିଲ୍ଲୀ,୨।୧୨(ପ.ଏନ): ଓଡିଶାରେ କଂଗ୍ରେସର ସ୍ଥିତିକୁ ସଜାଡିବା ପାଇଁ ପ୍ରଦେଶ କଂଗ୍ରେସ କମିଟି (ପିସିସି)ର ଆମୂଳଚୂଳ ପରିବର୍ତ୍ତନ ହେବ । ଏଥି ପାଇଁ ଏଆଇସିସି ପ୍ରକ୍ରିୟା ଆରମ୍ଭ କରିଛି । ଦୁଇ ଦିନ ତଳେ ଏଆଇସିସି ମୁଖ୍ୟାଳୟରେ ହୋଇଥିବା କଂଗ୍ରେସ କାର୍ଯ୍ୟକାରିଣୀ କମିଟି ବୈଠକରୁ ଏଭଳି କିଛି ଆଭାସ ମିଳିଛି । କଂଗ୍ରେସ କାର୍ଯ୍ୟକାରିଣୀ ବୈଠକରେ ଦଳର ସଭାପତି ମଲିକାର୍ଜୁନ ଖଡ୍‌ଗେ ଦେଶରେ କଂଗ୍ରେସର ଆମୂଳଚୂଳ ପରିବର୍ତ୍ତନର ଆବଶ୍ୟକତା ଉପରେ ଗୁରୁତ୍ୱାରୋପ କରିଥିଲେ । ଏହାକୁ ଭିତ୍ତି କରି ରାଜ୍ୟମାନଙ୍କରେ ଦୀର୍ଘକାଳୀନ ଯୋଜନା ପ୍ରସ୍ତୁତ କରି ଜୋର୍‌ଦାର ଲଢେଇ ପାଇଁ କଂଗ୍ରେସ ପ୍ରସ୍ତୁତ ହେବ । ଏହି ମର୍ମରେ ଓଡିଶା କଂଗ୍ରେସକୁ ସଜାଡିବା ପାଇଁ ଏଆଇସସ ନକ୍ସା ପ୍ରସ୍ତୁତ କରଥିବା ଚର୍ଚ୍ଚା । ହେଉଛି । ରାଜ୍ୟରେ କଂଗ୍ରେସର ମୁଖିଆ ଚୟନ ପାଇଁ ଗତ ମାସରେ ଓଡିଶା ଗସ୍ତରେ ଆସିଥିଲେ ବରିଷ୍ଠ କଂଗ୍ରେସ ନେତା ଚରଣ ଦାସ ମହନ୍ତ ଓ ମୀନାକ୍ଷୀ ନଟରାଜନ । ଏମାନେ ଇତିମଧ୍ୟରେ କଂଗ୍ରେସ ହାଇକମାଣ୍ଡଙ୍କୁ ରିପୋର୍ଟ ଦାଖଲ କରିଥିବା ଜଣାପଡିଛି ।ମିଳିଥିବା ସୂଚନା ଅନୁସାରେ ଉକ୍ତ ଦୁଇ ଜଣିଆ କମିଟି ରିପୋର୍ଟରେ ନୂତନ ପିସିସି ସଭାପତି ନିଯୁକ୍ତି ପାଇଁ ୨୧ ଜଣିଆ ଷ୍ଟିଅରିଂ କମିଟି ସଦସ୍ୟ, ବିଧାୟକ, ସାଂସଦ ଓ ଜିଲ୍ଲା ସଭାପତିଙ୍କ ସହିତ ଆଲୋଚନା କରିବା ପରେ ନୂତନ ପିସିସି ସଭାପତି ପାଇଁ ଏସ୍‌ସି, ଏସ୍‌ଟି, ଓବିସି ଓ ସଂଖ୍ୟାଲଘୁ ବର୍ଗରୁ ଚାରିଜଣଙ୍କ ନାମକୁ ସୁପାରିସ କରିଥିବା ଜଣାପଡିଛି । ଚର୍ଚ୍ଚା ଅନୁସାରେ ଓଡିଶା ପାଇଁ ଏଥର ନୂତନ ପିସିସି ସଭାପତି ଘୋଷଣା ପୂର୍ବରୁ ପ୍ରଥମେ ପ୍ରଭାରୀଙ୍କ ନିଯୁକ୍ତି ହେବ । ବର୍ତ୍ତମାନ ଓଡିଶା ଦାୟିତ୍ୱରେ ଥିବା ଏଆଇସିସି ପ୍ରଭାରୀ ଡ. ଅଜୟ କୁମାରଙ୍କୁ ଦାୟିତ୍ୱରୁ ହଟାଯିବା ନେଇ ଚର୍ଚ୍ଚା ଜୋର୍ ଧରିଛି ।୨୦୨୪ ସାଧାରଣ ନିର୍ବାଚନ ତଥା ବିଧାନସଭା ନିର୍ବାଚନରେ ଓଡିଶାରେ କଂଗ୍ରେସର ନୈରାଶ୍ୟଜନକ ପ୍ରଦର୍ଶନ ପରେ ଅଜୟ କୁମାରଙ୍କ ଦୁର୍ବଳ ନେତୃତ୍ୱକୁ ଦୋଷଦେଇ ଓଡିଶାର ଅନେକ ଅସନ୍ତୁଷ୍ଟ କଂଗ୍ରେସ ନେତା ପ୍ରଭାରୀ ପଦରୁ ଅଜୟ କୁମାରଙ୍କୁ ହଟାଇବା ପାଇଁ ଫେରାଦ ହୋଇଥିଲେ । ନିକଟରେ ଝାଡଖଣ୍ଡ ବିଧାନସଭା ନିର୍ବାଚନରେ ଅଜୟ କୁମାର ବୃହତ୍ ଭୋଟ ବ୍ୟବଧାନରେ ନିର୍ବାଚନ ହାରିବା ପରେ ଶ୍ରୀ କୁମାରଙ୍କୁ ପ୍ରଭାରୀ ପଦରୁ ହଟାଇବା ଅସନ୍ତୁଷ୍ଟ ନେତାଙ୍କ ଅଭିଯାନକୁ ବଳ ମିଳିଛି ।

## ଦୋଷୀ ସାବ୍ୟସ୍ତ ପରେ କୋର୍ଟରୁ ଚମ୍ପଟ ମାରିଲେ ୨ ଲୁଟେରା

ଭୁବନେଶ୍ୱର,୨।୧୨(ପି.ଏନ): ଏଟିଏମ୍ ଲୁଟ୍ ମାମଲାରେ ଦୋଷୀ ସାବ୍ୟସ୍ତ ହେବାରୁ କୋର୍ଟ ରୁମ୍‌ରୁ ଚମ୍ପଟ ମାରିଲେ ଦୁଇ ରାଜ୍ୟ ବାହାର ଲୁଟେରା । ଆଜି ଅପରାହ୍ନରେ ଏପରି ଘଟଣା ନବରଙ୍ଗପୁର ଜିଲ୍ଲା ସଦର ମହକୁମାରେ ଘଟିଛି । ଚମ୍ପଟ ମାରିଥିବା ଦୁଇ ଦୋଷୀଙ୍କୁ ଧରିବା ପାଇଁ ପୁଲିସ ବିଭିନ୍ନ ସ୍ଥାନରେ ଚକିଂ ଓ ବ୍ଲକିଂ କରି ଯାଞ୍ଚ କରୁଛି । ହେଲେ ସେମାନଙ୍କୁ ଧରିବାରେ ସଫଳ ହୋଇନାହିଁ । ୨୦୨୪ ମସିହା ଜାନୁଆରୀ ୩୧ ତାରିଖରେ ନବରଙ୍ଗପୁର ବ୍ଲକ ସମ୍ମୁଖରେ ଥିବା ଏସ୍ ?ବିଆଇ



ଏଟିଏମ୍‌ରୁ ଲୁଟ୍ ହୋଇଥିଲା । ଏହି ମାମଲାରେ ନବରଙ୍ଗପୁର ଟାଉନ୍ ଥାନା ପୁଲିସ୍ ହରିଆଣାର ସକିଲ ଖାଁ, ଶାହାରୁଖ ଖାଁ, ଫଜଲ ଖାଁ, ଜାହୁଲ ଖାଁ ଓ ବିହାର ନିଖିଲ କୁମାରଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିଲା । ପରବର୍ତ୍ତୀ ସମୟରେ ସେମାନଙ୍କ ଭିତରୁ ସକିଲ ଖାଁ ଓ ଶାହାରୁଖ ଖାଁ ବେଲ୍‌ରେ ଆସିଥିଲେ ।

### ଘୋଷଣା

ଯାନ୍ତ୍ରିକ ତ୍ରୁଟି ଯୋଗୁଁ 'ପର୍ଯ୍ୟବେକ୍ଷକ' ୨ ତାରିଖ ସଂସ୍କରଣ ପ୍ରକାଶିତ ହୋଇନଥିବାରୁ ଆମେ ଦୁଃଖିତ ।

-ପ୍ରକାଶକ

## ରାଜ୍ୟର ୩୭୫ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ରରେ ଖାଲି ପଡିଛି ୫୦୧୪ଟି ଡାକ୍ତର ପଦବୀ

ଭୁବନେଶ୍ୱର,୨।୧୨(ପି.ଏନ): ରାଜ୍ୟରେ ୩୭୫ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର (ସିଏଚ୍ ?ସି) ଥିବା ବେଳେ ୫୦୧୪ଟି ଡାକ୍ତର ପଦବୀ ଖାଲି ପଡିଛି । ସେହିପରି ଏହି ସବୁ ଡାକ୍ତରଖାନାଗୁଡିକରେ ୧୧୧୪ଟି ବିଶେଷଜ୍ଞ ଡାକ୍ତର ପଦବୀ ଖାଲି ପଡିଛି । ଗଞ୍ଜାମ ଜିଲ୍ଲାରେ ସର୍ବାଧିକ ୪୫୦ଟି ଡାକ୍ତର ପଦବୀ ଖାଲି ପଡିଥିବା ବେଳେ ମୟୂରଭଞ୍ଜରେ ୩୦୯ଟି ଡାକ୍ତର ପଦବୀ ଖାଲି ପଡିଛି । ଏହି ଦୁଇ ଜିଲ୍ଲାରେ ଯଥାକ୍ରମେ ୮୭ ଓ ୮୮ଟି ବିଶେଷଜ୍ଞ ଡାକ୍ତର ପଦବୀ ଖାଲି ପଡିଛି । ଆଜି ବିଧାନସଭାରେ ଏହି ତଥ୍ୟ ରଖିଛନ୍ତି ସ୍ୱାସ୍ଥ୍ୟ ମନ୍ତ୍ରୀ ମୁକେଶ ମହାଲିଙ୍ଗ । ବିଧାୟକ ପ୍ରଶାନ୍ତ ବେହେରାଙ୍କ ଏକ ପ୍ରଶ୍ନର ଉତ୍ତରରେ ସ୍ୱାସ୍ଥ୍ୟ ମନ୍ତ୍ରୀ ଏହି ତଥ୍ୟ ପ୍ରଦାନ କରିଛନ୍ତି ।ସ୍ୱାସ୍ଥ୍ୟ ମନ୍ତ୍ରୀ ବିଧାନସଭାରେ ଉପସ୍ଥାପନ କରିଥିବା ତଥ୍ୟ ଅନୁଯାୟୀ, ରାଜ୍ୟର ୩୦ଟି ଜିଲ୍ଲାର ୩୭୫ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ବା ଉଏଉରେ ୭୮୦୬ଟି ମଞ୍ଜୁରୀପ୍ରାପ୍ତ ଡାକ୍ତରୀ ପଦ ଥିବା ବେଳେ ଏବେ ମାତ୍ର ୨୭୯୨ ଜଣ ଡାକ୍ତର କାର୍ଯ୍ୟ କରୁଛନ୍ତି । ବାକି ୫୦୧୪ଟି ଡାକ୍ତର ପଦବୀ ଖାଲି ପଡିଛି । ସେହିପରି ଏହି ୩୭୫ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ବା CHCରେ ୧୫୦୦ଟି ମଞ୍ଜୁରୀପ୍ରାପ୍ତ ବିଶେଷଜ୍ଞ



ଡାକ୍ତର ପଦବୀ ରହିଥିବା ବେଳେ ଏବେ ମାତ୍ର ୩୮୬ ଜଣ କାର୍ଯ୍ୟ କରୁଛନ୍ତି । ବାକି ୧୧୧୪ଟି ବିଶେଷଜ୍ଞ ଡାକ୍ତର ପଦ ଖାଲି ପଡିଛି ।ଗଞ୍ଜାମ ଜିଲ୍ଲାରେ ୨୮ଟି ସିଏଚ୍‌ସି ଥିବା ବେଳେ ୫୮୧ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀ ରହିଛି । କିନ୍ତୁ ଏବେ ଜିଲ୍ଲାର ୨୮ଟି ସିଏଚ୍‌ସିରେ ମାତ୍ର ୧୩୧ ଜଣ ଡାକ୍ତର କାର୍ଯ୍ୟ କରୁଛନ୍ତି । ୪୫୦ଟି ଡାକ୍ତର ପଦ ଖାଲି ପଡିଛି । ମୟୂରଭଞ୍ଜ ଜିଲ୍ଲାରେ ୨୮ଟି ସିଏଚ୍‌ସିରେ ୫୬୭ ଜଣ ଡାକ୍ତର କାର୍ଯ୍ୟ କରିବା କଥା । କିନ୍ତୁ ଏବେ ଏଠାରେ କାର୍ଯ୍ୟ କରୁଛନ୍ତି ୨୫୮ ଜଣ ଡାକ୍ତର । ଆହୁରି ୩୦୯ଟି ପଦବୀ ଖାଲି ପଡିଛି ।ଅନୁଗୋଳ ଜିଲ୍ଲାରେ ୯ଟି ସିଏଚ୍‌ସିରେ ୧୮୯ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀ ଥିବା ବେଳେ ୯୩ ଜଣ କାର୍ଯ୍ୟ କରୁଛନ୍ତି ଓ ବାକି ୯୬ଟି ଖାଲି ପଡିଛି । ବାଲେଶ୍ୱରର ୧୭ଟି ସିଏଚ୍‌ସିରେ ୩୫୨ ଜଣ ଡାକ୍ତର ରହିବା କଥା । କିନ୍ତୁ ଏବେ ସେଠାରେ ୧୨୦ ଜଣ କାର୍ଯ୍ୟ କରୁଥିବା ବେଳେ ୨୩୨ଟି ପଦବୀ ଖାଲି ପଡିଛି । ବଲାଙ୍ଗିର ଜିଲ୍ଲାରେ ୧୫ଟି ସିଏଚ୍‌ସି ଥିବା ବେଳେ ୩୧୪ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀରୁ ୧୭୩ଟି ଖାଲି ପଡିଛି । ମାତ୍ର ୧୪୧ ଜଣ ଡାକ୍ତର କାର୍ଯ୍ୟ କରୁଛନ୍ତି । ବରଗଡ ଜିଲ୍ଲାର ୧୬ଟି ସିଏଚ୍‌ସିରେ ୩୫୨ଟି ଡାକ୍ତର ପଦବୀ ଥିବା ବେଳେ ୨୫୪ଟି ଖାଲି ପଡିଛି । ବାକି ୯୮ଟିରେ ଡାକ୍ତର କାର୍ଯ୍ୟ କରୁଛନ୍ତି ।ଭଦ୍ରକ ଜିଲ୍ଲାରେ ୭ଟି ସିଏଚ୍ ?ସି ଥିବା ବେଳେ ୧୪୭ ଜଣ ଡାକ୍ତର ରହିବା କଥା । କିନ୍ତୁ ଏବେ ୫୪ ଜଣ ଡାକ୍ତର କାର୍ଯ୍ୟ କରୁଥିବା ବେଳେ ୯୩ଟି ପଦବୀ ଖାଲି ପଡିଛି । ବୌଦ୍ଧରେ ୫ଟି ସିଏଚ୍‌ସିରେ ୧୦୩ଟି ଡାକ୍ତର ପଦବୀ ରହିଥିବା ବେଳେ ମାତ୍ର ୪୫ ଜଣ କାର୍ଯ୍ୟ କରୁଛନ୍ତି । ୫୮ଟି ଡାକ୍ତର ପଦବୀ ଖାଲି ପଡିଛି ।କଟକ ଜିଲ୍ଲାରେ ୧୯ଟି ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ବା ସିଏଚ୍‌ସି ଅଛି । ସେଗୁଡିକରେ ମୋଟ ୩୧୪ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀ ରହିଛି । ସେଥିରୁ ୧୧୩ଟିରେ ଡାକ୍ତର କାର୍ଯ୍ୟ କରୁଥିବା ବେଳେ ୨୮୧ଟି ଖାଲି ପଡିଛି । ଦେବଗଡ ଜିଲ୍ଲାର ୪ଟି ସିଏଚ୍‌ସିରେ ୮୩ ଜଣ ଡାକ୍ତର କାର୍ଯ୍ୟ କରିବା କଥା । ମାତ୍ର ଏବେ ସେହି ଡାକ୍ତରଖାନାଗୁଡିକରେ ୧୯ ଜଣ ଡାକ୍ତର କାର୍ଯ୍ୟ କରୁଛନ୍ତି । ଆହୁରି ୬୪ଟି ପଦବୀ ଖାଲି ପଡିଛି ।ଢେଙ୍କାନାଳ ଜିଲ୍ଲାର ୧୦ଟି ସିଏଚ୍‌ସିରେ ୨୦୯ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀ ଥିବା ବେଳେ ୧୨୧ଟି ଖାଲି ପଡିଛି । ବାକି ୮୮ ଟିରେ ଡାକ୍ତର ଅଛନ୍ତି । ଗଜପତିରେ ୮ଟି ସିଏଚ୍‌ସିରେ ଥିବା ୧୬୮ଟି ଡାକ୍ତର ପଦବୀରୁ ୧୧୩ଟି ଖାଲି ପଡିଛି । ଜଗତସିଂହପୁର ଜିଲ୍ଲାରେ ଥିବା ୧୧ଟି ସିଏଚ୍‌ସିରେ ୨୧୯ ଜଣ ଡାକ୍ତର ରହିବା କଥା । କିନ୍ତୁ ଏବେ ଅଛନ୍ତି ମାତ୍ର ୭୪ ଜଣ । ବାକି ୧୪୫ଟି ଡାକ୍ତର ପଦବୀ ଖାଲି ପଡିଛି ।ଯାଜପୁର ଜିଲ୍ଲାରେ ୧୨ଟି ସିଏଚ୍‌ସିରେ ୨୫୦ଟି ଡାକ୍ତର ପଦବୀ ରହିଥିବା ବେଳେ ମାତ୍ର ୮୨ ଜଣ କାର୍ଯ୍ୟ କରୁଛନ୍ତି ଓ ବାକି ୧୬୮ଟି ପଦବୀ ଖାଲି ପଡିଛି । ଝାରସୁଗୁଡାରେ ୬ଟି ସିଏଚ୍‌ସିରେ ୧୨୫ ଜଣ ଡାକ୍ତର ରହିବା କଥା । କିନ୍ତୁ ଏବେ ୪୧ ଜଣ ଡାକ୍ତର କାର୍ଯ୍ୟ କରୁଥିବା ବେଳେ ୮୪ଟି ପଦବୀ ଖାଲି ପଡିଛି ।କଳାହାଣ୍ଡିରେ ୧୭ଟି ସିଏଚ୍‌ସିରେ ୩୫୩ଟି ଡାକ୍ତର ପଦବୀ ଥିବା ବେଳେ ୨୧୫ଟି ଖାଲି ପଡିଛି । କନ୍ଧମାଳରେ ୧୪ଟି ସିଏଚ୍‌ସିରେ ୨୯୨ଟି ମଞ୍ଜୁରୀପ୍ରାପ୍ତ ଡାକ୍ତର ପଦବୀ ରହିଥିବା ବେଳେ ୨୦୦ଟି ଖାଲି ପଡିଛି । ମାତ୍ର ୯୨ ଜଣ ଡାକ୍ତର କାର୍ଯ୍ୟ କରୁଛନ୍ତି । କେନ୍ଦ୍ରାପଡାରେ ୮ଟି ସିଏଚ୍‌ସିରେ ୧୬୮ଟି ଡାକ୍ତର ପଦବୀରୁ ୧୧୩ଟି ଖାଲି ପଡିଥିବା ବେଳେ କେନ୍ଦୁଝରରେ ୧୭ଟି ସିଏଚ୍‌ସିରେ ୩୫୩ଟି ପଦବୀରୁ ୨୨୬ଟି, ଖୋର୍ଦ୍ଧାରେ ୧୨ଟି ସିଏଚ୍‌ସିରେ ୨୫୦ଟି ପଦବୀରୁ ୧୨୬ଟି, କୋରାପୁଟରେ ୧୬ଟି ସିଏଚ୍‌ସିରେ ୩୩୪ଟି ପଦବୀରୁ ୨୦୪ଟି ଓ ମାଲକାନଗିରିରେ ୬ଟି ସିଏଚ୍‌ସିରେ ୧୨୬ଟି ପଦବୀରୁ ୮୪ଟି ପଦବୀ ଖାଲି ପଡିଛି ।ନବରଙ୍ଗପୁର ଜିଲ୍ଲାରେ ୧୦ଟି ସିଏଚ୍‌ସି କାର୍ଯ୍ୟ କରୁଥିବା ବେଳେ ମଞ୍ଜୁରୀପ୍ରାପ୍ତ ୨୧୧ଟି ଡାକ୍ତର ପଦବୀରୁ ୧୧୮ଟି ଖାଲି ପଡିଛି । ମାତ୍ର ୯୩ ଜଣ ଡାକ୍ତର ଏବେ କାର୍ଯ୍ୟ କରୁଛନ୍ତି । ନୟାଗଡର ୧୨ଟି ସିଏଚ୍‌ସିରେ ମଞ୍ଜୁରୀପ୍ରାପ୍ତ ୨୪୮ଟି ଡାକ୍ତର ପଦବୀରୁ ୧୬୩ଟି ଖାଲି ପଡିଥିବା ବେଳେ ନୂଆପଡାରେ ୫ଟି ସିଏଚ୍‌ସିରେ ୧୦୪ଟି ପଦବୀରୁ ୪୮ଟି ଓ ପୁରୀରେ ୧୬ଟି ସିଏଚ୍‌ସିରେ ୩୩୧ଟି ଡାକ୍ତର ପଦବୀ ଥିବା ବେଳେ ୨୧୧ଟି ଖାଲି ପଡିଛି ।ରାୟଗଡ ଜିଲ୍ଲାରେ ଥିବା ୧୧ଟି ସିଏଚ୍‌ସିରେ ୨୩୧ଟି ଡାକ୍ତର ପଦବୀ ଥିବା ବେଳେ ୧୬୭ଟି ଖାଲି ପଡିଛି ।

## ଭୁବନେଶ୍ୱରର ଆଳୁ ମାର୍କେଟରେ ରେଡ୍




ଭୁବନେଶ୍ୱର,୨।୧୨(ପି.ଏନ): ଦିନକୁ ଦିନ ଆଳୁ ଦର ବଢ଼ିବାରେ ଲାଗିଛି । ଆଳୁ ଦର ବଢ଼ିବା ପରେ ରାଜଧାନୀ ମାର୍କେଟରେ ରେଡ୍ ହୋଇଛି । ରାଜଧାନୀର ବିଭିନ୍ନ ମାର୍କେଟରେ ଯୋଗାଣ ବିଭାଗ ପକ୍ଷରୁ ଚଢଉ ଚାଲିଛି । ଆଳୁ ଚଢ଼ା ଦରରେ ବିକ୍ରି ହେଉଥିବା ଅଭିଯୋଗରେ ରେଡ୍ ହୋଇଛି । ଯୋଗାଣ ବିଭାଗ ପକ୍ଷରୁ ରେଡ୍ ହୋଇଛି । ୪ ନମ୍ବର ମାର୍କେଟରେ କିଛି ଦୋକାନୀଙ୍କୁ କାରଣ ଦର୍ଶାଅ ନୋଟିସ୍ ମଧ୍ୟ ହୋଇଛି । ସୂଚନାଯୋଗ୍ୟ ଯେ, ଆଳୁ ଦର ଚଢ଼ା ଦରରେ ବିକ୍ରି ହେଉଥିବା ନେଇ ଅଭିଯୋଗ ହୋଇଥିଲା । ଯାହାକୁ ନେଇ ଗ୍ରାହକଙ୍କ ମଧ୍ୟରେ ଅସନ୍ତୋଷ ଦିନକୁ ଦିନ ବୃଦ୍ଧି ପାଉଛି । ଯାହାକୁ ନେଇ ଆଜି ରାଜଧାନୀର ବିଭିନ୍ନ ମାର୍କେଟରେ ଯୋଗାଣ ବିଭାଗ ପକ୍ଷରୁ ରେଡ୍ ହୋଇଛି । ରାଜଧାନୀର ୟୁନିଟ-୧, ୟୁନିଟ-୪, ଆଇଗିଣିଆ ଆଳୁ ବଜାରରେ ଯୋଗାଣ ବିଭାଗ ପକ୍ଷରୁ ଚଢାଉ ହୋଇଛି । ଆଳୁ ବିକ୍ରି ବେଳେ ଦୋକାନରେ ରେଟ୍ ଚାର୍ଟ ମରାଯାଇନଥିବା ଅଭିଯୋଗରେ ଯୋଗାଣ ବିଭାଗ ଆକ୍ସନ ମଧ୍ୟ ନେଇଛି ।








# ଟି ଟାଇମ୍



## ଜୋକ୍ସ

ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?
ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା
ଶିକ୍ଷକ-କେଉଁଠି ପଡିଗଲ ଆଉ କ'ଣ ଲାଗିଗଲା ?
ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

# ପୁରାଣ କାହାଣୀ

## ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତରକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ । କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା' ମା କଥା ମନେ ପଡିଲା । ମା'ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଆଜିର ଭାଗ୍ୟ

**ମେଷ** କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** ବନ୍ଧୁଙ୍କ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ତି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ




ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ରାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦାନ୍ତରେ ଟାଟୁ



ଅତ୍ୟାଧୁନିକା ମହିଳାମାନେ ସବୁବେଳେ ଚାହାନ୍ତି କେମିତି ନିଜକୁ ଭିନ୍ନ ଶୈଳୀରେ ପ୍ରଦର୍ଶିତ କରିବେ ଏବଂ ଶରୀରର ସୌନ୍ଦର୍ଯ୍ୟ ବୃଦ୍ଧି କରିବେ। ଆଜିକାର ଫ୍ୟାଶନ ଯୁଗରେ ଏଭ୍ରି ଅଡ୍ ଇଜ୍ ଏ ଷ୍ଟାଇଲକୁ ମଧ କେତେକ ଗ୍ରହଣ କରି ସେହିପରି ଢଙ୍ଗରେ ନିଜକୁ ସଜାଉଛନ୍ତି । ଏବେ ଏବେ ସୌନ୍ଦର୍ଯ୍ୟ ସଚେତନ ତରୁଣୀମାନେ ଦାନ୍ତରେ ଟାଟୁ ଆଙ୍କିବା ଦିଗରେ ବେଶି ଢଳୁଥିବା ପରିଲକ୍ଷିତ ହେଉଛି, ଯେମିତି କିଛି ବର୍ଷ ତଳେ 'ନାହିମୁଦି' ଫ୍ୟାଶନ ଅନେକଙ୍କୁ କିମିଆ କରିଥିଲା। ଦାନ୍ତରେ ଟାଟୁ ଆଙ୍କିବା ନୂଆ କଥା ନୁହେଁ। ଆଠଦଶ ବର୍ଷ ତଳେ ଦାନ୍ତରେ ଟାଟୁ କରି ହିପ୍‌ହପ୍ ଗାୟିକା, ନୃତ୍ୟଙ୍ଗନା ଓ ମେଡଲମାନେ ବିଭିନ୍ନ ଶୋ'କୁ ଆସିବା ପରେ ଏହାର ଚାହିଦା ବଢିବଢି ଚାଲିଛି। କିଶୋରୀ, କଲେଜ ଛାତ୍ରୀଠୁ ଆରମ୍ଭ କରି ପଇଁତିରିଶ ବର୍ଷ ଭିତରର ମହିଳାଙ୍କୁ ଦାନ୍ତରେ ଟାଟୁ ବେଶ୍ ମାନିବ ବୋଲି ସୌନ୍ଦର୍ଯ୍ୟ ବିଶେଷଜ୍ଞମାନେ କହନ୍ତି। ଅସ୍ଥାୟୀ ଓ ସ୍ଥାୟୀ ଭାବେ ଦାନ୍ତରେ ଟାଟୁ କରିହେବ।

# ପ୍ରସବ କରିବ ରୋବଟ !



ଇଞ୍ଜିନିୟର ତଥା ନୋବେଲିଷ୍ଟ ଜର୍ଜ ଜୈରକୈଡାକିସ୍‌ଙ୍କ ମତ ଅନୁସାରେ ଆସନ୍ତା ୨୦ରୁ ୩୦ ବର୍ଷ ମଧ୍ୟରେ ଏଭଳି ରୋବଟ ତିଆରି କରାଯାଇପାରିବ, ଯାହା ମଣିଷ ସହିତ ଶାରୀରିକ ସମ୍ପର୍କ ରଖିପାରିବ ଏବଂ ସନ୍ତାନ ପ୍ରସବ କରିପାରିବ। ଏପରିକି କେବଳ ରୋବଟ ପରସ୍ପର ମଧ୍ୟରେ ଶାରୀରିକ ସମ୍ପର୍କ ରଖିପାରିବେ। ବିଶେଷଜ୍ଞଙ୍କ କହିବା ଅନୁସାରେ ଯଦି ମଣିଷଙ୍କ ଅପେକ୍ଷା ରୋବଟଙ୍କ ସଂଖ୍ୟା ବୃଦ୍ଧି ପାଏ ତେବେ ଏହା ଦୁଃସ୍ୱପ୍ନ ସୃଷ୍ଟି କରିବ। ଏହାବ୍ୟତୀତ ପ୍ରଫେସର ବାର୍ବିକଙ୍କ ମତ ଅନୁସାରେ ରୋବଟର ଶାରୀରିକ ସମ୍ପର୍କ ସ୍ଥାପନ କରିବା ଏବଂ ସନ୍ତାନ ପ୍ରସବ କରିବା ନେଇ ସାମାଜିକ ସ୍ୱିକୃତୀ ବିଷୟରେ ଚିନ୍ତା କରାଯିବ। ଏଭଳି କୌଶଳକୁ ନେଇ କିଛି ପ୍ରତିକ୍ରିୟା ଓ ସମସ୍ୟା ମଧ ଉପୁଜିପାରେ ବୋଲି ବୈଜ୍ଞାନିକମାନେ ମତ ଦେଇଛନ୍ତି।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟପ୍ଟ ୟୁନିଭରସିଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି 'ମେରାଲଜିଆ ପାରେସ୍ଥଟିକା' ବା 'ଟିଙ୍ଗଲିଙ୍ଗ୍ ଥ୍ରଙ୍ଗ ସିଣ୍ଡ୍ରମ'। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାର୍ଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମାୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ ନ୍ଲିନିକ ୱେବସାଇଟର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ
ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ଡିସେମ୍ବର ୩

# ଶ୍ରୀ ମନ୍ଦିରରେ ଦେବ ଦୀପାବଳୀ


ଡକ୍ଟର ତପନ କୁମାର ପାଲ

ପବିତ୍ର ଧର୍ମ ମାସ କାର୍ତ୍ତିକ ପରେ ଓଡ଼ିଆ ଆଧାତ୍ମିକ ଚେତନାରେ ଧର୍ମୀୟ ଅନୁଚିନ୍ତା କିନ୍ତୁ ବର୍ଷ ତମାମ ରହିଥାଏ। ଓଡ଼ିଆ ଆଧାତ୍ମିକ ଚେତନାରେ ଦେବ ଦୀପାବଳୀ ଏକ ସ୍ୱତନ୍ତ୍ର ଓ ସ୍ମରଣୀୟ ଦିବସ। ଅନ୍ୟସ୍ଥାନରେ କାର୍ତ୍ତିକ ମାସରେ ଦେବ ଦୀପାବଳୀ ପାଳିତ ହେଉଥିବା ବେଳେ ନିଳାଚଳଧାମ ଶ୍ରୀକ୍ଷେତ୍ରରେ ଏହି ପର୍ବ ମାର୍ଗଶୀର ମାସରେ ପାଳିତ ହୋଇଥାଏ । ମାର୍ଗଶୀର ମାସ କୃଷ୍ଣପକ୍ଷ ଚତୁର୍ଦ୍ଦଶୀ ଠାରୁ ଶୁକ୍ଳ ପ୍ରତିପଦା ପର୍ଯ୍ୟନ୍ତ ଶ୍ରୀମନ୍ଦିରରେ ଏହି ଉତ୍ସବ ପାଳିତ ହୋଇଥାଏ । ଅର୍ଥାତ୍ ଚତୁର୍ଦ୍ଦଶୀ, ଅମାବାସ୍ୟା ଓ ଶୁକ୍ଳ ପ୍ରତିପଦ ତିନି ଦିନ ଧରି ଶ୍ରୀମନ୍ଦିରରେ ଦେବଦୀପାବଳୀ ପାଳନ କରାଯିବାର ବିଧି ରହିଛି । ପ୍ରଥମ ଦିନରେ ପ୍ରଭୁ ଜଗନ୍ନାଥ ଶ୍ରୀରାମ ରୂପରେ ତାଙ୍କ ପିତା ତଥା ରାଜା ଦଶରଥଙ୍କୁ ପିଣ୍ଡଦାନ କରିଥାନ୍ତି । ଦ୍ୱିତୀୟ ଦିନରେ ମହାପ୍ରଭୁ କୃଷ୍ଣ ରୂପରେ ଦେବକୀ ଓ ବସୁଦେବଙ୍କ ପିଣ୍ଡ ଦେଇଥାନ୍ତି । ତୃତୀୟ ତଥା ଅନ୍ତିମ ଦିନରେ ନନ୍ଦ ଯଶୋଦାଙ୍କ ଉଦ୍ଦେଶ୍ୟରେ ପିଣ୍ଡଦାନ କରିଥାନ୍ତି ଶ୍ରୀଜଗନ୍ନାଥ । ଶ୍ରୀଜଗନ୍ନାଥ ଓ ବଳଭଦ୍ର ଦେବ ପିତାମାତା ଋଷି କଶ୍ୟପ ଓ ଅଦିତିଙ୍କୁ ମଧ୍ୟ ପିଣ୍ଡ ଦାନ କରିବାର ପରମ୍ପରା ପାଳିତ ହୋଇଥାଏ । ଏହି ଦିନ ପୁରୀ ଶ୍ରୀମନ୍ଦିରରେ ଲକ୍ଷାଧିକ ଶ୍ରଦ୍ଧାଳୁଙ୍କ ଜନସମାଗମ ହୋଇଥାଏ। ଗ୍ରାମାଞ୍ଚଳର ଅନେକ ଜଗନ୍ନାଥ ମନ୍ଦିରରେ ଦିବସ ବ୍ୟାପୀ ଆଧାତ୍ମିକ କାର୍ଯ୍ୟକ୍ରମ ଓ ନାମ ସଂକୀର୍ତ୍ତନ ସହ ନାରାୟଣ ସେବା କାର୍ଯ୍ୟକ୍ରମ ମଧ୍ୟ ଅନୁଷ୍ଠିତ ହୋଇଥାଏ। ଏହି ଦିନଟି ଏକ ପବିତ୍ର ଓ ସ୍ମରଣୀୟ ଦିବସ ଭାବରେ ଅନେକ ଆଧାତ୍ମିକ ଶ୍ରଦ୍ଧାଳୁ ଦାନ, ପୁଣ୍ୟ କରିଥାନ୍ତି।

*ଷ୍ଟେଟ ବ୍ୟାଙ୍କ ଅଫ ଇଣ୍ଡିଆ,*
*ଷ୍ଟାଫ କଲୋନୀ,*
*ଦେଉଳ ସାହି, ତୁଳସୀପୁର, କଟକ,*

# ‘ଇ-ଆବର୍ଜନାର ସଂକଟ’


ଅଲେଖ ଚନ୍ଦ୍ର ସାମଲ

ଦିନକୁ ଦିନ ପରିବେଶ ପ୍ରଦୂଷିତ ହେବାରେ ଲାଗିଛି । ମାଟି, ପାଣି ଓ ପବନ ଏହି ପ୍ରଦୂଷଣ ମଧ୍ୟରେ ଅନ୍ତର୍ଭୁକ୍ତ । ବିଭିନ୍ନ ପ୍ରକାର କୀଟନାଶକ ଦ୍ରବ୍ୟ ସାର ଆକାରରେ ମାଟିରେ ଓ କଳାକାରଖାନାରୁ ବିଷାକ୍ତ ଜଳ ବାହାରି ନଦୀ ଇତ୍ୟାଦିରେ ମିଶି ପାଣିକୁ ବିଷାକ୍ତ କରୁଛି । କାରଖାନାରୁ ନିର୍ଗତ ଧୂଆଁ ବାୟୁକୁ ପ୍ରଦୂଷିତ କରିବା ସହ ଶବ୍ଦ ପ୍ରଦୂଷଣ ମଧ୍ୟ ଘଟୁଛି । ପ୍ରତିଦିନ ବିଶ୍ୱରେ ପ୍ରାୟ ଚଉଦ ହଜାର ଲୋକ ଦୂଷିତ ପାଣି ପିଇ ମରୁଛନ୍ତି । ସାତଶହ ନିୟୁତ ଭାରତୀୟଙ୍କର ଉପଯୁକ୍ତ ଶୌଚାଳୟ ନାହିଁ । ଏହାଛଡ଼ା ଭାରତରେ ପ୍ରତିଦିନ ଏକ ହଜାର ଲୋକ ହଇଜାରେ ମରୁଛନ୍ତି । ଚୀନରେ ପ୍ରତିବର୍ଷ ପାଞ୍ଚ ନିୟୁତ ଲୋକ ଉପଯୁକ୍ତ ପାନୀୟ ଜଳ ପାଆନ୍ତି ନାହିଁ ଓ ବାୟୁ ପ୍ରଦୂଷିତ ହେବା ଯୋଗୁଁ ଏଠାରେ ପ୍ରତି ବର୍ଷ ପ୍ରାୟ ୬୫୬ ହଜାର ଲୋକ ମରନ୍ତି । ତେଣୁ ବିଶ୍ୱବାସୀଙ୍କୁ ଏହି ପ୍ରଦୂଷଣ ବିଷୟରେ ସଚେତନ କରିବା ଓ ଏହାର ନିରାକରଣ ପାଇଁ ପ୍ରତିବର୍ଷ ଡିସେମ୍ବର ୨ରେ ବିଶ୍ୱ ପ୍ରଦୂଷଣ ନିରାକରଣ ଦିବସ ପାଳନ କରାଯାଏ । ତେବେ ଉଦ୍‌ବେଗଜନକ ଭାବେ ଦିନକୁ ଦିନ ଇ-ଆବର୍ଜନାର ପାହାଡ଼ ଆମ ଆଖପାଖର ପରିବେଶକୁ ଅସ୍ତବ୍ୟସ୍ତ କରୁଛି । ଆମେ ହାତରେ ଧରୁଥିବା ଜୀବନ୍ତ ମୋବାଇଲ୍ ଫୋନ, ଆଇପ୍ୟାଡ୍ ବା ଆଇପଡ୍ ଅଥବା ଘରେ ନିତି ଦିନ ଗହଳ ଚହଳ କରୁଥିବା ଜୀବନ୍ତ ଟେଲିଭିଜନ ବା ଆମର ଘନିଷ୍ଠ ମିତ୍ର ସାଜିଥିବା କମ୍ପ୍ୟୁଟର ଅବଶ୍ୟ ଦିନେ ମରିବେ । କିନ୍ତୁ ଏହି ମୃତକମାନଙ୍କ ଦେହାବଶେଷ ମାଟିରେ ମିଶିଯିବ ନାହିଁ । ଏହା ପଡ଼ି ରହିବ ଏବଂ ଆବର୍ଜନାର ପାହାଡ଼ ସୃଷ୍ଟି କରିବ ଏ ପୃଥିବୀ ଉପରେ । ଏଭଳି ଆବର୍ଜନାର ପାହାଡ଼ ଯେ କି ବିଶାଳ ହୋଇପାରେ ତାର ଏକ ଚିତ୍ର ଏବେ ଆମକୁ ଜାଣିବାକୁ ମିଳିଛି । ଏଇ ନିକଟରେ ଜାତିସଂଘ ପକ୍ଷରୁ ଉପସ୍ଥାପନ କରାଯାଇଥିବା ଇଲେକ୍ଟ୍ରୋନିକ୍ ଏବଂ ଇଲେକ୍ଟ୍ରିକାଲ୍ ଆବର୍ଜନର (ଗୋଟିଏ ବ୍ୟାଟେରି ଠାରୁ ଆରମ୍ଭ କରି ମୋବାଇଲ, କମ୍ପ୍ୟୁଟର, ଫୋନ ଦେଇ ଛୋଟ କର୍ଡ଼ ପର୍ଯ୍ୟନ୍ତ) ମାନଚିତ୍ରରେ ଏହି ଆବର୍ଜନା ସ୍ତୂପର ଆକାର ଓ ବିଶାଳତା ସଂପର୍କରେ ସମ୍ୟକ ସୂଚନା ମିଳିଛି । ସେଥିରେ କୁହାଯାଇଛି ଯେ ଯୁକ୍ତରାଷ୍ଟ୍ର ଆମେରିକାରେ ମୁଣ୍ଡପିଛା ଇ-ଆବର୍ଜନା ସୃଷ୍ଟିର ପରିମାଣ ସର୍ବାଧିକ । ଏହା ହେଉଛି ମୁଣ୍ଡ ପିଛା ୨୯.୮ କେଜି. । ଚୀନ୍‌ରେ ଏହି ପରିମାଣ ହେଉଛି ମୁଣ୍ଡ ପିଛା ୫.୪ କେ.ଜି । ବ୍ରିଟେନ୍‌ରେ ଏହି ପରିମାଣ ହେଉଛି ମୁଣ୍ଡ ପିଛା ୨୨ କିଲୋ ।

ଏହି ମାନଚିତ୍ରରୁ ଜଣାପଡ଼ିଛି ଯେ ପୃଥିବୀରେ ପ୍ରତି ବର୍ଷ ସୃଷ୍ଟି ହେଉଛି ୪୮.୯ ନିୟୁତ ଟନ୍ ଓଜନର ଇ-ଆବର୍ଜନା । ତା ଅର୍ଥ ପୃଥିବୀର ୭୦୦ କୋଟି ଲୋକଙ୍କ ମୁଣ୍ଡ ପିଛା ଇ-ଆବର୍ଜନାର ପରିମାଣ ହେଉଛି ୭ କେଜି । ଏହି ଆବର୍ଜନା ଭିତରୁ ସବୁଠାରୁ ଅଧିକ ହେଉଛି ମୋବାଇଲ ଫୋନ୍ ଯାହାର ପରିମାଣ ହେଲା ୧୨୦ ନିୟୁତ ଟନ୍ । ଏଥିରେ ଭବିଷ୍ୟବାଣୀ କରାଯାଇଛି ଯେ ୨୦୨୭ ବେଳକୁ ଏହା ୩୩ ପ୍ରତିଶତ ହାରରେ ବୃଦ୍ଧି ପାଇ ପହଞ୍ଚିଥିବ ୬୫.୯ ନିୟୁତ ମେଟ୍ରିକ୍ ଟନ୍‌ରେ । ଏହି ଆବର୍ଜନାର ଓଜନ ୨୦୦ଟି ଏମ୍ପାୟାର ଷ୍ଟେଟ୍ ବିଲଡିଂ ବା ଇଜିପ୍ଟର ୧୧ଟି ଅତିକାୟ ଗିଜା ପିରାମିଡ଼ର ଓଜନ ସହିତ ସମାନ ହେବ । ଯଦି ଏହି ଆବର୍ଜନାକୁ କେଉଁଠାକୁ ନେବାକୁ ପଡ଼େ ତେବେ ୪୦ଟନ୍ ମାଲ୍ ବୋହିବାକୁ ସକ୍ଷମ ଥିବା ବିଶାଳ ଟ୍ରକ ଗୁଡ଼ିକର ଯେଉଁ ଲମ୍ବାଧାଡ଼ି ଲାଗିବ ତାହା ପୃଥିବୀର ବିଷୁବ ରେଖା ଦୈର୍ଘ୍ୟର ତିନି ଚତୁର୍ଥାଂଶ ହେବ । ୨୦୨୨ରେ ଚୀନ ସବୁଠାରୁ ଅଧିକ ଇ-ଆବର୍ଜନା ସୃଷ୍ଟି କରିଥିଲା । ତାର ପରିମାଣ ଥିଲା ୧୧.୧ ନିୟୁତ ଟନ୍ । ଯୁକ୍ତରାଷ୍ଟ୍ର ଆମେରିକା ଥିଲା ଦ୍ୱିତୀୟ ସ୍ଥାନରେ । ଏବେ ଏ କ୍ରମ ବଦଳି ଯାଇଛି । ଏବେ ଯୁକ୍ତରାଷ୍ଟ୍ର ଆମେରିକା ୯.୪ ନିୟୁତ ଟନ୍ ଇ-ଆବର୍ଜନ ସୃଷ୍ଟି କରି ପ୍ରଥମ ସ୍ଥାନରେ ରହିଛି । ତେବେ ଆମେରିକା ଓ ଚୀନର ଜନସଂଖ୍ୟା ଭିତରେ ବହୁତ ତାରତମ୍ୟ ଥିବାରୁ ମୁଣ୍ଡପିଛା ଇ-ଆବର୍ଜନା ସୃଷ୍ଟିରେ ଆମେରିକା ଚୀନର ପ୍ରାୟ ପାଞ୍ଚଗୁଣ । ଭାରତରେ ବର୍ଷକୁ ୨୭୫୧ ମେଟ୍ରିକ୍ କିଲୋ ଟନ୍ (ଏକ କିଲୋଟନ୍ ହେଉଛି ୧୦୦୦ ଟନ୍) ଇ ଆବର୍ଜନା ସୃଷ୍ଟି ହେଉଛି । ଏ ସଂକ୍ରାନ୍ତରେ ଗୋଟିଏ ବଡ଼ ସଂକଟଜନକ କଥା ଜାତିସଂଘ ପକ୍ଷରୁ କୁହାଯାଇଛି । ତାହା ହେଲା ପାଶ୍ଚାତ୍ୟର ବିଶାଳ ଇ-ଆବର୍ଜନାର ଗଦା ବୋଝେଇ ହୋଇ ଭାରତରେ ପହଞ୍ଚିବାର ସମ୍ଭାବନା ସବୁଠାରୁ ଅଧିକ । କାରଣ ଇ-ଆବର୍ଜନାକୁ ନଷ୍ଟ କରିବା ଲାଗି ଲୋଡ଼ା ସ୍ୱତନ୍ତ୍ର ପ୍ରକାର ଫର୍ନେସ ଏଇ ବର୍ଷ ଠାରୁ ଚୀନ ଓ ମାଲେସିଆରେ ବନ୍ଦ ହୋଇଯିବ । କେବଳ ଭାରତରେ ଏ ସୁବିଧା ମିଳୁଥିବାରୁ ବିକଶିତ ଦେଶମାନେ ଭାରତକୁ ସେମାନଙ୍କ ଇ-ଆବର୍ଜନା ଡଂପିଙ୍ଗ ଗ୍ରାଉଣ୍ଡରେ ପରିଣତ କରିଦେବେ । ଏହା ଭାରତ ଲାଗି ବିପଜ୍ଜନକ ହୋଇପାରେ । କାରଣ ଇ-ଆବର୍ଜନାରୁ ବିକିରଣ ସହିତ ବିଭିନ୍ନ ମାରାତ୍ମକ ବିଷାକ୍ତ ପଦାର୍ଥ (ସୀସା, ଆର୍ସେନିକ୍, ଲିଥିଅମ୍ ଆଦି) ମିଶି ରହିଥାଏ ଯାହା ପ୍ରକୃତି ଓ ପରିବେଶକୁ ପ୍ରଦୂଷିତ କରି ଚାଲିଥାଏ । ତେଣୁ ଏ କ୍ଷେତ୍ରରେ ଆମ୍ଭମାନଙ୍କୁ ସତର୍କ ହେବାର ସମୟ ପହଞ୍ଚିଛି ଏବଂ ଏ କ୍ଷେତ୍ରରେ କେବଳ ସତର୍କତା ନୁହେଁ ଅନ୍ୟ ମାନଙ୍କୁ ସଚେତନତା ମଧ କରିବାର ଗୁରୁଦାୟିତ୍ୱ ଆମ୍ଭ ମାନଙ୍କ ଉପରେ ନ୍ୟସ୍ତ।

*ପୂର୍ବତନ ଡିଏଫ୍‌ଓ , ପଲାଇ,*
*ବାଲିଚନ୍ଦ୍ରପୁର, ଯାଜପୁର*

# ସମସ୍ତେ ସଠିକ ମାର୍ଗ ଗ୍ରହଣ କରନ୍ତୁ ଏବଂ ସମସ୍ତଙ୍କ ସ୍ୱାସ୍ଥ୍ୟ ଅଧିକାର ସୁରକ୍ଷିତ ରଖନ୍ତୁ


ପ୍ରଫେସର ଡାକ୍ତର ଉମେଶ ଚନ୍ଦ୍ର ପାତ୍ର

୧୯୮୮ ମସିହାରୁ ପ୍ରତିବର୍ଷ ଡିସେମ୍ବର ୧ ତାରିଖକୁ ବିଶ୍ୱ ଏଡ଼ସ ଦିବସ ଭାବେ ବିଭିନ୍ନ କାର୍ଯ୍ୟକ୍ରମ ଭିତରେ ଅନୁଷ୍ଠିତ ହୋଇଆସୁଛି। ପ୍ରତିବର୍ଷ ରୋଗ ସଂକ୍ରାନ୍ତରେ ସଚେତନତା ସୃଷ୍ଟି କରିବା ପାଇଁ ଏହି ଦିବସର ତାତ୍ପର୍ଯ୍ୟତା ରହିଛି। ଏହି ବର୍ଷ ଦିବସର ପ୍ରସଙ୍ଗ ରହିଛି – ‘ସମସ୍ତେ ସଠିକ ମାର୍ଗ ଗ୍ରହଣ କରନ୍ତୁ ଏବଂ ସମସ୍ତଙ୍କର ସ୍ୱାସ୍ଥ୍ୟ ଅଧିକାର ସୁରକ୍ଷିତ ରଖନ୍ତୁ : ବିଶ୍ୱକୁ ଏଡ଼ସ ମୁକ୍ତ କରନ୍ତୁ’। ସହୃଦୟ ପାଠକ ମାନଙ୍କୁ ସୂଚୀତ କରୁଛୁ କି ଯେ ୧୯୮୭ ଅଗଷ୍ଟ ମାସରେ ଏହି ଦିନଟିର ଗୁରୁତ୍ୱକୁ ଦୂରଦ୍ରଷ୍ଟା ଭାବେ ପରିକଳ୍ପିତ କରିଥିଲେ ଦୁଇ ଅଧିକାରୀ ଯାହାଙ୍କ ନାମ ଜେମ୍‌ସ ଡବ୍ଲ୍ୟୁ ବନ୍ ଏବଂ ଥୋମାସ ନେଟ୍ଟର। ଆମେ ଏଠାରେ ସ୍ପଷ୍ଟ ଭାବେ କହୁଛୁ ଯେ ଜଣେ ବ୍ୟକ୍ତି ଏଚ୍‌ଆଇଭି ପଜେଟିଭି ହୋଇଥିଲେ ମଧ୍ୟ ସେହି ଜଣଙ୍କୁ ଏଡ଼ସରେ ଆକ୍ରାନ୍ତ ବୋଲି କୁହାଯାଇପାରିବ ନାହିଁ। ମଣିଷ ଶରୀରର ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ କୁହାଯାଉଥିବା ଏଚ୍‌ଆଇଭି ଭୂତାଣୁ ରୋଗପ୍ରତିରୋଧକ ବ୍ୟବସ୍ଥାର ସେଲ ଉପରେ ଏକ ତରଫା ଆକ୍ରମଣ କରି ତାକୁ ପ୍ରଭାବିତ କରିଥାଏ। ସେହିପରି ଶ୍ୱେତ ରକ୍ତକଣିକାର ଗ୍ଲାଇକୋପ୍ରୋଟିନ୍ ସିଡି-୪କୁ ମଧ୍ୟ ଦୁର୍ବଳ କରିଦିଏ। ଏଡ଼ସ ସଂକ୍ରମଣ ପାଇଁ ସମଗ୍ର ବିଶ୍ୱ ଆଜି ଚିନ୍ତିତ ମଧ। ଆନ୍ତର୍ଜାତିକ କ୍ଷେତ୍ରରେ ଦେଖାଯାଉଛି କି ଯେ ୬୮% ଲୋକ ବାସ୍ତବରେ ଏଡ଼ସର ପ୍ରକୃତ ଲକ୍ଷଣ ଓ ସେମାନଙ୍କ ପାଇଁ ଲୋଡ଼ା ପଡୁଥିବା ଚିକିତ୍ସା ସମ୍ବନ୍ଧରେ କୌଣସି ତଥ୍ୟ ଜଣାନାହିଁ। ୧୯୯୮ ମସିହାରୁ ପ୍ରତିବର୍ଷ ମେ ୧୮ ତାରିଖକୁ ‘ୱାର୍ଲଡ଼ ଏଡ଼ସ ଭ୍ୟାକ୍‌ସିନ ଡେ’ ଭାବେ ପାଳନ କରାଯାଉଛି।

୨୦୨୩ ଡିସେମ୍ବର ଶେଷ ସୁଦ୍ଧା ଓଡ଼ିଶାରେ ଏଚଆଇଭି ଆକ୍ରାନ୍ତ ହାର ୦.୧୪% ବୋଲି ସରକାରୀ ତଥ୍ୟରୁ ପ୍ରକାଶ। ଏହା ଜାତୀୟ ହାର ତୁଳନାରେ ହାରାହାରି ୦.୨୧% କମ୍। ସେହିପରି ଓଡ଼ିଶାରେ ଏଚଆଇଭି ସଂକ୍ରମିତଙ୍କ ସଂଖ୍ୟା ପ୍ରତି ଏକ ଲକ୍ଷରେ ୦.୫୨ ବୋଲି ଆକଳନ କରାଯାଇଛି। ରାଜ୍ୟରେ ଏହାର ନିୟନ୍ତ୍ରଣ ଲାଗି ମୁଖ୍ୟ ଏଜେନ୍ସି ଭାବେ କାର୍ଯ୍ୟ କରୁଛି ଓଡ଼ିଶା ରାଜ୍ୟ ଏଡ଼ସ ନିୟନ୍ତ୍ରଣ ସୋସାଇଟି (ଓଏସ୍‌ଏସିଏସ)। ଦୀର୍ଘ ୪ ଦଶନ୍ଧିରୁ ଉର୍ଦ୍ଧ୍ୱ ସମୟ ଧରି ଏଚଆଇଭି / ଏଡ଼ସ ନିରାକରଣ, ନିୟନ୍ତ୍ରଣ ଏବଂ ସଚେତନତା ସଙ୍ଗକୁ ନୂତନ ରୋଗୀ ଚିହ୍ନଟ, ଆକ୍ରାନ୍ତ ରୋଗୀ ଏବଂ ସେମାନଙ୍କର ପିଲାମାନଙ୍କ ଚିକିତ୍ସା ଓ ଥଇଥାନ କାର୍ଯ୍ୟରେ ନିଜକୁ ସାମିଲ କରିଥିବା ସାମାଜିକ କର୍ମୀ ଲୋକନାଥ ମିଶ୍ର କହନ୍ତି ‘୨୦୨୪ ଅକ୍ଟୋବର ମାସ ସୁଦ୍ଧା ଓଡ଼ିଶାରେ ୬୩,୪୩୭ ଜଣ ରୋଗୀ ରହିଥିବାବେଳେ ସେଥିମଧ୍ୟରୁ କେବଳ ଗଞ୍ଜାମ ଜିଲ୍ଲାରେ ୧୮୪୮୪ ରୋଗୀ ରହିଛନ୍ତି। ଓଡ଼ିଶାରେ ଗତ ୫-୭ ବର୍ଷ ମଧ୍ୟରେ ଯଦିଓ ରୋଗୀଙ୍କ ସଂଖ୍ୟା ଅଧିକ ବୃଦ୍ଧି ପାଉନାହିଁ, କିନ୍ତୁ ଗତ ୪ ବର୍ଷ ହେଲା ହ୍ରାସ ମଧ କାହିଁକି ଘଟୁନି ଏହାର କାରଣ ସରକାରୀ ସ୍ତରରେ ଜାଣିବାର ପ୍ରୟାସ ହେଉନାହିଁ। ଏହା ହିଁ ଚିନ୍ତାଜନକ ପ୍ରସଙ୍ଗ।

ସାରା ବିଶ୍ୱରେ ଏବେ ମାରାତ୍ମକ ରୋଗର ଭାବରେ ଏଡ଼ସ ମୁଣ୍ଡ ଟେକିଛି। ଏଚ୍‌ଆଇଭି ଭୂତାଣୁ ଦ୍ୱାରା ସଂକ୍ରମିତ ଏହି ରୋଗ ଏବେ ନିଜର କାୟା ବିସ୍ତାର କରିବାରେ ଲାଗିଛି। ଏହି ରୋଗର ସ୍ଥାୟୀ ପ୍ରତିକାର ପାଇଁ କୌଣସି ଔଷଧ ଅଦ୍ୟାବଧି ବାହାରି ପାରିନାହିଁ। ତେଣୁ କେବଳ ସଚେତନତା ମାଧ୍ୟମରେ ହିଁ ଏଡ଼ସ ରୋଗକୁ ନିୟନ୍ତ୍ରଣ କରାଯାଇପାରିବ। ଏଥିପାଇଁ ଡିସେମ୍ବର ୧କୁ ବିଶ୍ୱ ଏଡ଼ସ ଦିବସ ରୂପେ ପାଳନ କରାଯାଉଛି। ଅର୍ଥାତ୍ ବିଶ୍ୱରେ କେହି ଏଡ଼ସ ରୋଗୀ ରହିବେ ନାହିଁ। ବର୍ତ୍ତମାନ ସାରା ବିଶ୍ୱରେ ପାଖାପାଖି ୪କୋଟି ଲୋକ ଏଚ୍‌ଆଇଭି ସଂକ୍ରମିତ। ଏମାନଙ୍କ ମଧ୍ୟରୁ ଦୁଇ ତୃତୀୟାଂଶ କେବଳ ଆଫ୍ରିକାରେ ଅଛନ୍ତି। ଏଚ୍‌ଆଇଭି ପ୍ରଥମେ ଉନ୍ନବିଂଶ ଶତାବ୍ଦୀର ଆରମ୍ଭରେ ଜୀବଜନ୍ତୁଙ୍କ ଠାରେ ଦେଖାଯାଇଥିଲା। ସିମ୍ପାଞ୍ଜି ଠାରୁ ଏହି ଭୂତାଣୁ ମଣିଷ ଶରୀରକୁ ଆସିଥିଲା। ତେବେ ୧୯୮୧ ମସିହାରେ ପ୍ରଥମେ ଏଡ଼ସ ରୋଗର ଚିହ୍ନଟ କରାଯାଇଥିଲା, ଯାହା ସମଲିଙ୍ଗୀଙ୍କ ଠାରେ ଦେଖାଯାଇଥିଲା। ସେଥିପାଇଁ ଏହାକୁ ସତେବେଳେ ଗ୍ରିଡ଼୍ ନାମ ଦିଆଯାଇଥିଲା। ତେବେ ଏହାର ଭୂତାଣୁ ଅନ୍ୟମାନଙ୍କ ଠାରୁ ମିଳିବା ପରେ ୧୯୮୨ରେ ଏହାର ନାମ ଏଡ଼ସ ରଖାଯାଇଛି। ୧୯୮୬ରେ ପ୍ରଥମେ ଭାରତରେ ଏହି ରୋଗ ଚିହ୍ନଟ ହୋଇଥିଲା। ଚେନ୍ନାଇରେ ଜଣେ ଯୌନକର୍ମୀଙ୍କ ଠାରୁ ଏଚ୍‌ଆଇଭି ନମୁନା ମିଳିଥିଲା। କ୍ରମେ ଦେଶରେ ଏଡ଼ସ ରୋଗୀଙ୍କ ସଂଖ୍ୟା ବଢ଼ିବାରେ ଲାଗିଥିଲା। ଏହାର ନିୟନ୍ତ୍ରଣ ପାଇଁ ଭାରତ ସରକାରଙ୍କ ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ମନ୍ତ୍ରଣାଳୟ ଅଧୀନରେ ରାଷ୍ଟ୍ରୀୟ ଏଡ଼ସ ନିୟନ୍ତ୍ରଣ ସଂସ୍ଥା ଗଠନ ହେଲା। ନାକୋ ଏଚ୍‌ଆଇଭି ଦ୍ୱାରା ସଂକ୍ରମିତ ଲୋକଙ୍କ ତଥ୍ୟ ରଖିବା ସହ ସେମାନଙ୍କ ଚିକିତ୍ସା ନିମନ୍ତେ ପଦକ୍ଷେପ ନେଇଥାଏ। ଏବେ ଦେଶରେ ପ୍ରାୟ ୬୫ ଲକ୍ଷ ଏଚ୍‌ଆଇଭି ସଂକ୍ରମିତ ରୋଗୀ ଅଛନ୍ତି। ତେବେ ଦେଶରେ ଏଡ଼ସ ରୋଗୀଙ୍କ ସଂଖ୍ୟା ବୃଦ୍ଧି ପାଇବାର କାରଣ ହେଉଛି ସାଧାରଣ ଲୋକଙ୍କ ବେପରୁଆ ମନୋଭାବ। ଲୋକେ ଜାଣିଶୁଣି ଅଜ୍ଞାନ ହେଉଛନ୍ତି। ଅସୁରକ୍ଷିତ ସମ୍ବନ୍ଧ ପ୍ରତି ଉଦାସୀନ ରହିଥାନ୍ତି। ଏଡ଼ସକୁ ରକ୍ଷା ପାଇବା ପାଇଁ ଉପାୟ କେବଳ ସଚେତନତା। ଏଥିପାଇଁ ୧୯୮୮ ଡିସେମ୍ବର ୧ ତାରିଖରେ ପ୍ରଥମଥର ପାଇଁ ଏଡ଼ସ ଦିବସ ପାଳନ କରାଯାଇଥିଲା। ଏଚ୍‌ଆଇଭି ପଜେଟିଭ୍‌ର ଅର୍ଥ ଏଡ଼ସ ଭୂତାଣୁ ଶରୀରରେ ପ୍ରବେଶ କରିସାରିଛି। ଏହି ଭୂତାଣୁ ମଣିଷର ରୋଗ ପ୍ରତିରୋଧକ ଶକ୍ତି ହ୍ରାସ କରେ। ଏଚ୍‌ଆଇଭି ପଜେଟିଭ୍ ହେବାର ୬ମାସରୁ ୧୦ ବର୍ଷ ମଧ୍ୟରେ ସଂକ୍ରମିତ ବ୍ୟକ୍ତିଙ୍କୁ ଏଡ଼ସ ହେବାର ଆଶଙ୍କା ଥାଏ। ମା’ଠାରୁ ଜନ୍ମିତ ଶିଶୁ ମଧ୍ୟ ଏଚ୍‌ଆଇଭିରେ ସଂକ୍ରମିତ ହୋଇଥାଏ। ଆମ ରାଜ୍ୟରେ ୧୯୮୨ ମସିହାରେ ପ୍ରଥମ ଏଡ଼ସ ରୋଗୀ ଚିହ୍ନଟ କରାଯାଇଥିଲା। ଏଚ୍‌ଆଇଭି ଭୂତାଣୁ ଜଣେ ମଣିଷର ରୋଗ ପ୍ରତିଷେଧକ ଶକ୍ତିକୁ ନଷ୍ଟ କରିଦେଇଥାଏ। ଫଳରେ ଜଣେ ବ୍ୟକ୍ତିର ମୃତ୍ୟୁ ଘଟେ। ଏଡ଼ସ ହେଉଛି ଏଚ୍‌ଆଇଭି ସଂକ୍ରମଣର ଅନ୍ତିମ ପର୍ଯ୍ୟାୟ। ତେବେ ଏହି ରୋଗ ସାମାଜିକ ବ୍ୟାଧିରେ ପରିଣତ ହୋଇଯାଇଛି। ଜଣେ ଏଡ଼ସ ରୋଗରେ ଆକ୍ରାନ୍ତ ହେବା ପରେ ତା’ପ୍ରତି ସମାଜରେ ଭେଦଭାବ ଆରମ୍ଭ ହୋଇଯାଏ। ତାକୁ ଘୃଣା ଦୃଷ୍ଟିରେ ଦେଖିବା ସହ ସମାଜରୁ ବାସନ୍ଦ କରିଦିଆଯାଉଛି। ଏନେଇ ଲୋକଙ୍କର ମାନସିକତାରେ ପରିବର୍ତ୍ତନ ଆସିବା ଦରକାର। ଆଜି ବି ଏଡ଼ସ ଆକ୍ରାନ୍ତ ବ୍ୟକ୍ତି ଚିକିତ୍ସା କରିବାକୁ ଡରୁଛନ୍ତି। ଯାହାଫଳରେ କି ଏହି ରୋଗ କମିବା ପରିବର୍ତ୍ତେ ବଢ଼ିବାରେ ଲାଗିଛି। ଏଡ଼ସ ରୋଗୀଙ୍କୁ ଛୁଇଁଲେ କି ତା’ସହ ମିଶିଲେ ଏହି ରୋଗ ହୁଏନାହିଁ। ଉପଯୁକ୍ତ ଚିକିତ୍ସା ସହିତ ଏକ ସୁସ୍ଥ ବାତାବରଣ ଦ୍ୱାରା ଏହି ଦୂରାସାଧ ରୋଗର ଉପଚାର ଅନେକ ମାତ୍ରାରେ କରାଯାଇପାରିବ ଏବଂ ସଂକ୍ରମିତ ବ୍ୟକ୍ତି ଅନ୍ୟ ସାଧାରଣ ଲୋକଙ୍କ ପରି ଏକ ସୁସ୍ଥ ଓ ଦୀର୍ଘ ଜୀବନ ବଞ୍ଚିପାରିବ। ଏଥିନିମନ୍ତେ ସଚେତନତା ସୃଷ୍ଟି କରାଯିବା ନିହାତି ଜରୁରୀ। ବର୍ତ୍ତମାନ ସମଗ୍ର ବିଶ୍ୱର ଦୃଷ୍ଟି ଏଡ଼ସ ନିରାକରଣ ଲାଗି ପ୍ରସ୍ତୁତ ହୋଇଥିବା ଟୀକା ଉପରେ ରହିଛି। ଏ ଦିଗରେ ବ୍ୟାପକ ଗବେଷଣା ଓ ପରୀକ୍ଷା ନିରୀକ୍ଷା ଚାଲିଛି ଏବଂ ଖୁବ ଶୀଘ୍ର ଏହା ବ୍ୟବହାର ଲାଗି ଉପଲବ୍ଧ ହେବା ନେଇ ଚର୍ଚ୍ଚା ମଧ ହେଉଛି। ତେବେ ଏଡ଼ସ ଆଉ ସେପରି ବିପଦ ହୋଇ ରହିନାହିଁ। ଏହି ରୋଗରେ ଆକ୍ରାନ୍ତମାନେ ଯଥା ଶୀଘ୍ର ଚିକିତ୍ସିତ ହେବା ସହ ନିଜେ ଦାୟିତ୍ୱବାନ ରହି ଅନ୍ୟକୁ ସଂକ୍ରମିତ କରିବା ଠାରୁ ଦୂରରେ ରହିବା ଆଜିର ଆହ୍ୱାନ। ଯାହାଦ୍ୱାରା ସେମାନେ ଏଚଆଇଭି ସଂକ୍ରମଣ ଓ ଏଡ଼ସ ଭଳି ଦୁରାରୋଗ୍ୟବ୍ୟାଧିକୁ ନିଜର ଦୃଢ଼ ମନୋବଳ, ସଚେତନତା ଓ ସାହାସ ବଳରେ ଜିତିପାରିବା ସହ ସମାଜ ସାମ୍ନାରେ ଉଦାହରଣ ହୋଇ ମଧ ଛିଡ଼ା ହୋଇପାରିବେ।

*ବିଭାଗୀୟ ମୁଖ୍ୟ, ହେପାଟୋଲୋଜି ବିଭାଗ,*
*ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଲେଜ,*
*କଟକ, ଦୂରଭାଷ : ୯୪୩୭୦୫୧୯୫୭*

# ସାଧାରଣ ସ୍ୱାସ୍ଥ୍ୟ ଓ ଭେଷଜ ତତ୍ତ୍ୱାବଧାନ


ଶ୍ୟାମ ସୁନ୍ଦର ସାମଲ

ଦିନକୁ ଦିନ ମଣିଷର ସ୍ୱାସ୍ଥ୍ୟ ବ୍ୟବସ୍ଥା ଯେତିକ ଆହ୍ୱାନଭରା ହେଉଛି ସେତିକ ବ୍ୟୟ ବହୁଳ ଏବଂ ମଣିଷର ସ୍ୱାସ୍ଥ୍ୟକୁ ନେଇ ଅନେକ ପରୀକ୍ଷା ନିରୀକ୍ଷା ଓ ଗବେଷଣା ମଧ ଚାଲୁ ରହିଛି। କୋଭିଡ଼ ମହାମାରୀ ସମଗ୍ର ବିଶ୍ୱରେ ସ୍ୱାସ୍ଥ୍ୟ ବ୍ୟବସ୍ଥାର ଏପରି ଚିତ୍ର ରଖିଦେଲା ଯେ ତାହା ଯୁଗ ଯୁଗ ପାଇଁ ଆମ ସମସ୍ତଙ୍କ ପାଇଁ ଅଭୁଲା ହୋଇ ରହିବ। ଆମେ ସମସ୍ତେ ଭଲ ଭାବେ ଜାଣିଛେ ଯେ ଆମ୍ଭ ମାନଙ୍କର ସ୍ୱାସ୍ଥ୍ୟ ହେଉଛି ଅମୂଲ୍ୟ ଏବଂ ଏହା ସବୁଠାରୁ ମୂଲ୍ୟବାନ। ତଥାପି ଆମ୍ଭେମାନେ ସ୍ୱାସ୍ଥ୍ୟକୁ ଅଣଦେଖା କରୁଛେ ଏବଂ ସ୍ୱାସ୍ଥ୍ୟ ବିଗିଡ଼ି ଯିବା ପରେ ଦ୍ୱିତୀୟ ଭଗବାନ କୁହାଯାଉଥିବା ଡାକ୍ତରଙ୍କ ଶରଣାପନ୍ନ ହେବାକୁ ବାଧ ହେଉଛେ। ତେବେ ଅନେକ ହୁଏତ ଜାଣିନଥିବେ ଗୁରୁତ୍ୱପୂର୍ଣ୍ଣ ସ୍ୱାସ୍ଥ୍ୟ ବ୍ୟବସ୍ଥାରେ ଦ୍ୱିତୀୟ ଭଗବାନ କୁହାଯାଉଥିବା ଡାକ୍ତରଙ୍କ ପରେ ଯାହାଙ୍କ ସ୍ଥାନ ଆସିଥାଏ ସିଏ ହେଉଛନ୍ତି ଫାର୍ମାସିଷ୍ଟ ବର୍ଗର ବା ଯେଉଁମାନଙ୍କୁ ଭେଷଜ ତତ୍ତ୍ୱାବଧାରକ କୁହାଯାଏ। ସେମାନଙ୍କର ଗୁରୁ ଦାୟିତ୍ୱ ଅନେକ ଜାଣିନଥିବେ। ନିକଟରେ ତେଷଠିତମ ଜାତୀୟ ଫାର୍ମାସି ସଚେତନତା ଦିବସ ଅନୁଷ୍ଠିତ ହୋଇଯାଇଛି। ଏହି ଅବସରରେ ଓଡ଼ିଶା ଫାର୍ମାସୀ ଅଫିସର ଆସୋସିଏସନ, ଶ୍ରୀରାମଚନ୍ଦ୍ର ଭଞ୍ଜ ମେଡ଼ିକାଲ କଟକ ଶାଖା ତରଫରୁ ମେଗା ରକ୍ତଦାନ ଶିବିର ଓ ସଚେତନଧର୍ମୀ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା। ପ୍ରତିଦିନ ମୁମୂର୍ଷୁ ମାନଙ୍କୁ ବଞ୍ଚିବାର ରାସ୍ତା ଦେଖାଉଥିବା ଫାର୍ମାସିଷ୍ଟ ଭାଇଭଉଣୀମାନେ ଏଥିରେ ସାମିଲ ହୋଇ ତିରିଶ ୟୁନିଟ ରକ୍ତଦାନ ମଧ କରିଥିଲେ। ମେଡ଼ିକାଲ କଲେଜ ପରିସରରେ ଅନୁଷ୍ଠିତ ଉଦ୍‌ଯାପନୀ ସମାରୋହରେ ଶାଖା ସମ୍ପାଦକ ସୁଧାଂଶୁ ଶେଖର ବାରିକ ପୌରହିତ୍ୟ କରିଥିଲେ। ଶଲ୍ୟ ବିଭାଗ ଲେକଚରର ହଲରେ ଏକ ଆଲୋଚନାଚକ୍ରରେ ମେଡ଼ିକାଲ କଲେଜରେ ଡିନ୍, ପ୍ରିନ୍ସିପାଲ ଓ ଅଧୀକ୍ଷକ ପ୍ରଫେସର ଡାକ୍ତର ଲୁସି ଦାସ ମୁଖ୍ୟବକ୍ତା ଭାବେ ଯୋଗ ଦେଇଥିବାବେଳେ ଅନ୍ୟତମ ଅତିଥି ଭାବରେ ଉପଅଧୀକ୍ଷକ ପ୍ରଫେସର ଡାକ୍ତର ମନୋଜ ପଟ୍ଟନାୟକ, ପ୍ରଫେସର ଡାକ୍ତର ଜୟନ୍ତ କୁମାର ବିଶ୍ୱାଳ, ବିତ୍ତ ଅଧିକାରୀ ମାନସ ପାତ୍ର, ଫାର୍ମାସୀ କଲେଜର ଅଧକ୍ଷ ଡାକ୍ତର ଏନ.ସରୋଜକାନ୍ତ ଚୌଧୁରୀ ଯୋଗ ଦେଇ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ। ଲୋକମାନଙ୍କ ଭିତରେ ସ୍ୱାସ୍ଥ୍ୟ ବିଜ୍ଞାନ କ୍ଷେତ୍ରର ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ କୁହାଯାଉଥିବା ଫାର୍ମାସୀ ସମ୍ପର୍କିତ ବିଭିନ୍ନ ଦିଗ ଉପରେ ଜାଣିବା ଓ ଅନ୍ୟ ମାନଙ୍କୁ ସଚେତନ କରିବା ପାଇଁ ବିଶେଷ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। କାର୍ଯ୍ୟକ୍ରମକୁ ବରିଷ୍ଠ ଭେଷଜ ତତ୍ତ୍ୱାବଧାରକ ସମାଜସେବୀ ସାରଦା ପ୍ରସନ୍ନ ବେହେରା, ରାଧାମାଧବ ଚୌଧୁରୀ, ଦିଲ୍ଲୀପ କୁମାର ସାହୁ, ନିରଞ୍ଜନ ସାହୁ, ଲକ୍ଷ୍ମୀଧର ସାହୁ, ଅନ୍ତୁ ମୁର୍ମୁ, ଶ୍ରୀମତୀ ନଳିନୀ ସାହୁ, ସ୍ନିଧାଶ୍ରୀ ବାରିକ, ସୁଜାତା ନାୟକ, ରଶ୍ମୀତା ରାଉତ ପ୍ରମୁଖ ସଭ୍ୟସଭ୍ୟା ପରିଚାଳନା କରିଥିଲେ। ବିକାଶ ଚନ୍ଦ୍ର ମହାପାତ୍ର ମଞ୍ଚ ପରିଚାଳନା କରିଥିବାବେଳେ କାର୍ତ୍ତିକ ଚନ୍ଦ୍ର ସାହୁ ଧନ୍ୟବାଦ ଅର୍ପଣ କରିଥିଲେ। ସ୍ୱାସ୍ଥ୍ୟ ବ୍ୟବସ୍ଥାରେ ଦିନକୁ ଦିନ ଅନେକ ଗବେଷଣା ଚାଲୁ ରହୁଥିବାବେଳେ ଭେଷଜ ତତ୍ତ୍ୱାବଧାନ ମଧ ଶରୀର ପାଇଁ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ ବୋଲି ଏଯାବତ ଲୋକମାନଙ୍କ ମଧ୍ୟରେ ଭଲ ଭାବେ ସମ୍ଭବତଃ ଗ୍ରହଣୀୟ ହୋଇପାରି ନାହିଁ।

ଜାତୀୟ ଫାର୍ମାସି ସପ୍ତାହ ପାଳନ ଅବସର କେବଳ ଏକ କ୍ୟାଲେଣ୍ଡର ଦିନଟିଏ ନ ହେଉ ଏ କ୍ଷେତ୍ରରେ ଆମ ସମସ୍ତଙ୍କର ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ମଧ ରହିଛି। ଆମ୍ଭ ମାନଙ୍କ ଭିତରୁ ଅନେକ କର୍ତ୍ତବ୍ୟନିଷ୍ଠ, ସାଧୁତା ଓ ଶାଳୀନତା ବ୍ୟବହାର ପ୍ରଦର୍ଶନ ପୂର୍ବକ ନିତିଦିନିଆ ଜୀବନରେ ମୁମୂର୍ଷୁ ରୋଗୀ ମାନଙ୍କ ପାଇଁ ଆଦର୍ଶର ପ୍ରତୀକ ହେଉଥିବା ଅନେକ ଫାର୍ମାସିଷ୍ଟ ଭାଇଭଉଣୀ ରହିଛନ୍ତି ଯେଉଁମାନେ ସରକାରଙ୍କ ନାଲିଫିତାର ଚାପ ଭିତରେ ଅନେକ ଅବହେଳାର ଶିକାର ହେଉଥିଲେ ମଧ ସେମାନଙ୍କର ନ୍ୟାର୍ଯ୍ୟ ଦାବୀ ଓ ହକ ଯଥାର୍ଥ ସମୟରେ ମିଳିପାରି ନଥାଏ। ବର୍ଷ ବର୍ଷ ଧରି ସେମାନେ ଅନେକ ଅଭାବ ଅସୁବିଧାକୁ ସାମ୍ନା କରୁଥିଲେ ମଧ ପ୍ରଶାସନର ନଜରକୁ ସେମାନେ ଆସିପାରି ନଥାନ୍ତି। ସେମାନଙ୍କ ଭଲ କାମ ପାଇଁ ପ୍ରୋତ୍ସାହନ ଓ ପ୍ରେରଣା ଠିକ ସମୟରେ ମିଳିପାରି ନଥାଏ। ସେମାନଙ୍କ ଜୀବନରେ ଏପରି ସମୟ ଆସିଥାଏ ସେମାନେ ନିଜ ଘର ପରିବାରକୁ ମଧ ସଠିକ ଭାବେ ନା ସମୟ ଦେଇପାରିଥାନ୍ତି ନା ଅର୍ଥ ଦେଇ ପାରିଥାନ୍ତି। ଚିକିତ୍ସା ବ୍ୟବସ୍ଥା ଭିତରେ ଡାକ୍ତରଙ୍କ ପରେ ସବୁଠାରୁ ଗୁରୁଦାୟିତ୍ୱ ଏହି ଫାର୍ମାସିଷ୍ଟ ମାନଙ୍କ ଉପରେ ନ୍ୟସ୍ତ ଥାଏ। କାରଣ ଡାକ୍ତରଙ୍କ ତଦାରଖ ପରେ ମୁମୂର୍ଷୁ ଜଣଙ୍କ ୨୪ ଘଣ୍ଟିଆ ଅହର୍ନିଶ ଭାବେ ଜଣେ ଫାର୍ମାସିଷ୍ଟଙ୍କ ତତ୍ତ୍ୱାବଧାନରେ ଚିକିତ୍ସା ଗ୍ରହଣ କରିଥାଏ। ଏ କ୍ଷେତ୍ରରେ ଆମ୍ଭ ମାନଙ୍କର ଫାର୍ମାସିଷ୍ଟ ଭାଇଙ୍କ ଉପରେ ବିଶ୍ୱାସ ଓ ଭରଷା ରହିବା ସହ ନିଜେ ସ୍ୱାସ୍ଥ୍ୟ ବ୍ୟବସ୍ଥାକୁ ସଚେତନ ହୋଇ ସରକାର ଓ ପ୍ରଶାସନକୁ ସହାୟତାର ହାତ ବଢ଼ାଇବା ଉଚିତ। ଯାହାଦ୍ୱାରା ଜଣେ ମୁମୂର୍ଷୁ ଜୀବନ ଫେରି ପାଇବା ସହ ଏ କ୍ଷେତ୍ରରେ ନିୟୋଜିତ ହୋଇଥିବା ଫାର୍ମାସିଷ୍ଟ ମାନଙ୍କ ସେବା ଦାୟିତ୍ୱକୁ ମଧ ଭଲ ଭାବେ ବୁଝିବାର ଭାବନା ଯେପରି ସମସ୍ତଙ୍କ ଭିତରେ ଉଦ୍ରେକ ହୋଇପାରିବ ଏହି ଚିନ୍ତାଧାରା ଅନୁପ୍ରେରଣା ଯୋଗାଇଲେ ଜାତୀୟ ଫାର୍ମାସି ସପ୍ତାହର ଅନ୍ତର୍ନିହିତ ତାତ୍ପର୍ଯ୍ୟର ଗୁରୁତ୍ୱ ବୃଦ୍ଧି ପାଇପାରିବ।

*ବିଡ଼ାନାସୀ ବନ୍ଧଛକ, କଟକ,*
*ଦୂରଭାଷ : ୯୭୭୮୬୩୫୯୨୬*

# ମନେପଡନ୍ତି ମା’ ରମାଦେବୀ


ହିମାଂଶୁ ଶେଖର ଆଚାର୍ଯ୍ୟ

ଭାରତର ମୁକ୍ତି ସଂଗ୍ରାମ ଅନେକ ତ୍ୟାଗ, ବଳିଦାନ ଓ ବୀରତ୍ୱର କଥା କହେ। ଦେଶ ମାତୃକାର ସ୍ୱାଧୀନତା ପାଇଁ ବହୁ ସଂଗ୍ରାମୀ ଲାଠି ମାଡ଼ ଖାଇଛନ୍ତି, କାରାବରଣ କରିଛନ୍ତି ଓ ସହିଦ୍ ହୋଇଛନ୍ତି। ସେମାନଙ୍କ ଦେଶପ୍ରେମ ଓ ଆତ୍ମୋତ୍ସର୍ଗ ଇତିହାସ ପୃଷ୍ଠାରେ ଚିରଦିନ ଦେଦୀପ୍ୟମାନ ହୋଇ ରହିବ। ଏହି ମୁକ୍ତି ସଂଗ୍ରାମରେ ଅନ୍ୟ ରାଜ୍ୟ ଭଳି ଓଡ଼ିଶା ମଧ୍ୟ ପ୍ରମୁଖ ଭୂମିକା ଗ୍ରହଣ କରିଥିଲା। ବିଶେଷ କରି ଏହି ଜାତୀୟ ଆନ୍ଦୋଳନରେ ମହିଳା ମାନଙ୍କର ଭୂମିକା ମଧ୍ୟ କୌଣସି ଗୁଣରେ କମ୍ ନଥିଲା। ଏହି ଅଭିଯାନରେ ଯେଉଁ କେତେଜଣ ମହିଳା ସେ ସମୟର ସାମାଜିକ ଲକ୍ଷ୍ମଣରେଖାକୁ ଅତିକ୍ରମ କରି ସ୍ୱାଧୀନତା ଆନ୍ଦୋଳନର ଯଜ୍ଞ ବେଦୀରେ ଝାସ ଦେଇଥିଲେ ସେମାନଙ୍କ ମଧ୍ୟରେ ରମାଦେବୀ ଥିଲେ ଅନ୍ୟତମା। ଯିଏ କି ନିଜର ତ୍ୟାଗ, ସାଧନା ଓ ସେବା ବଳରେ ନିଜ ପାଇଁ ଏକ ସ୍ୱତନ୍ତ୍ର ପରିଚୟ ସୃଷ୍ଟିକରି ଉତ୍କଳର ମା’ ରମାଦେବୀ ଭାବେ ସୁପରିଚିତା ହୋଇପାରିଥିଲେ।

ରମାଦେବୀ ଥିଲେ ଏକ ସମ୍ଭ୍ରାନ୍ତ ପରିବାରର ଝିଅ ଓ ବୋହୂ। ସେ ୧୮୯୯ ମସିହା ଡିସେମ୍ବର ୩ ତାରିଖରେ କଟକ ଜିଲ୍ଲା ଅନ୍ତର୍ଗତ ସାଲେପୁର ଅ ଳର ସତ୍ୟଭାମାପୁର ଗ୍ରାମରେ ଜନ୍ମ ଗ୍ରହଣ କରିଥିଲେ। ପିତା ଗୋପାଳ ବଲ୍ଲଭ ଦାସ ଥିଲେ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ସାନ ଭାଇ ଓ ସେତେବେଳର ଡେପୁଟି କଲେକ୍ଟର ତଥା ଓଡିଶାର ପ୍ରଥମ ଉପନ୍ୟାସ ‘ଭୀମା ଭୂୟାଁ’ ର ଲେଖକ। ପରବ ୀ ସମୟରେ ସେ ହେଲେ ଜଗତସିଂହପୁର ଖେରସ ଗ୍ରାମର ଜମିଦାର ଗୋକୁଳାନନ୍ଦ ଚୌଧୁରୀଙ୍କ ପୁତ୍ରବଧୂ ଓ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ଗୋପବନ୍ଧୁ ଚୌଧୁରୀଙ୍କ ଧର୍ମପତ୍ନୀ। ୧୯୨୧ ମସିହାର କଥା। ପ୍ରଥମ ଥର ପାଇଁ ଗାନ୍ଧିଜୀ ଓଡ଼ିଶା ଗ୍ରସ୍ତରେ ଆସିଥିଲେ। ନାରୀମାନଙ୍କୁ ଜାତୀୟତା ମନ୍ତ୍ରରେ ଅଭିମନ୍ତ୍ରିତ କରିବା ପାଇଁ କଂଗ୍ରେସ ପକ୍ଷରୁ କଟକରେ ଏକ ମହିଳା ସଭାର ଆୟୋଜନ କରାଯାଇଥିଲା। ଗାନ୍ଧିଜୀ ସମବେତ ମହିଳାଙ୍କୁ ଉଦ୍‌ବୋଧନ ଦେଇ କହିଥିଲେ ଜାତିର କିଛି ବଡ଼କାମ କରିବାକୁ ଇଚ୍ଛା କରୁଥିଲେ ପୁରୁଷ ପାଇଁ ଦେହ ସଜାଇବାର ନିର୍ବୋଧତାକୁ ନାରୀମାନଙ୍କୁ ଛାଡ଼ିବାକୁ ହେବ। ସେ ପୁଣି କହିଥିଲେ ଆପଣମାନେ ସୌଖୀନତାକୁ ବଡ଼ କରନ୍ତୁ ନାହିଁ। ଏସବୁ ଗହଣା ଗାଣ୍ଠିର ଆଦର ଛାଡ଼ି ଦିଅନ୍ତୁ। ଅନ୍ତରର ସୁଗନ୍ଧ ହିଁ ସବୁଠାରୁ ବେଶୀ ବାସ ଚହଟାଇ ପାରିବ ତାହାଦ୍ୱାରା ହିଁ ଆପଣମାନେ କେବଳ ପୁରୁଷକୁ ନୁହେଁ ସମଗ୍ର ମାନବ ଜାତିକୁ ବଶ କରିପାରିବେ। ଏହି ସଭାରେ ରମାଦେବୀ ଯୋଗ ଦେଇଥିଲେ। ଗାନ୍ଧିଜୀଙ୍କ କଥାରେ କି କୁହୁକ ଥିଲା କେଜାଣି ସେଥିରେ ଅନୁପ୍ରାଣିତ ହୋଇ ରମାଦେବୀ ତାପରଠୁ ଦେଶ ସେବାରେ ନିଜକୁ ଉତ୍ସର୍ଗ କରି ଦେଇଥିଲେ।

୧୯୨୨ ମସିହା ଫେବୃଆରୀ ମାସ ଶ୍ରୀପ ମୀ ତିଥିରେ ଜଗତସିଂହପୁର ଅଳକା ନଦୀ କୂଳରେ ପ୍ରତିଷ୍ଠା ହେଲା ‘ଅଳକାଶ୍ରମ’। ସେତେବେଳେ ଏହି ଅଳକାଶ୍ରମ ଥିଲା ସ୍ୱଦେଶୀ ଆନ୍ଦୋଳନର ଯଜ୍ଞପୀଠ ଓ ସ୍ୱାଧୀନତା ସଂଗ୍ରାମୀ ତିଆରି କାରଖାନା। ଏଇଠୁ ରମାଦେବୀଙ୍କ ରାଜନୈତିକ ଓ କର୍ମମୟ ଜୀବନର ଅୟମାରମ୍ଭ ହୋଇଥିଲା। ତାଙ୍କରି ପ୍ରରୋଚନାରେ ସ୍ୱାମୀ ଗୋପବନ୍ଧୁ ଚୌଧୁରୀ ଡେ଼ପୁଟି କଲେକ୍ଟର ଚାକିରି ଛାଡ଼ି ‘ଅଳକାଶ୍ରମ’ର ତ ାବଧାରକ ରୂପେ ଯୋଗ ଦେଇଥିଲେ। ସେହିଁ ଥିଲେ ଗୋପବନ୍ଧୁଙ୍କର ପ୍ରକୃତ ପ୍ରେରଣାଦାତ୍ରୀ। ସହଧର୍ମିଣୀ ଭାବେ ସେ ସବୁ ସମୟରେ ସ୍ୱାମୀଙ୍କ ପାଖେ ପାଖେ ରହି ଆଦର୍ଶ ପତ୍ନୀର ଦାୟିତ୍ୱ ନିର୍ବାହ କରିଥିଲେ। ସେତେବେଳେ ଶହ ଶହ ଛାତ୍ର ଗାନ୍ଧିଜୀଙ୍କ ଡାକରାରେ ସ୍କୁଲ, କଲେଜ ଛାଡ଼ି ସ୍ୱାଧୀନତା ଆନ୍ଦୋଳନ ସାମିଲ ହେଉଥିଲେ। ଏହିସବୁ ଛାତ୍ରମାନଙ୍କୁ ଅଳକାଶ୍ରମରେ ରଖାଯାଇ ଶିକ୍ଷାଦାନର ବ୍ୟବସ୍ଥା ହେଲା। ଏଥି ସହିତ ଅରଟରେ ସୂତା କାଟିବା, ରୋଗୀ ସେବା କରିବା, ଦୀନ ଦରିଦ୍ର ମାନଙ୍କ ଯତ୍ନ ନେବା କାର୍ଯ୍ୟରେ ତାଲିମ ଦିଆଗଲା ସ୍ୱାଧୀନତା ସଂଗ୍ରାମୀ ମାନଙ୍କୁ। ଏହି ଆଶ୍ରମବାସୀ ଛାତ୍ରମାନଙ୍କ ଖାଇବା-ପିଇବା, ରହିବା-ଶୋଇବା ଏବଂ ଶିକ୍ଷା ଓ ସ୍ୱାସ୍ଥ୍ୟ ରକ୍ଷାର ଦାୟିତ୍ୱ ନେଇଥିଲେ ନିଜେ ରମାଦେବୀ। ସେଥିପାଇଁ ଅଳକାଶ୍ରମର ଅନ୍ତେବାସୀମାନେ ତାଙ୍କୁ ମା’ ବୋଲି ସମ୍ବୋଧନ କରୁଥିଲେ।

୧୯୩୦ ମସିହା ମାର୍ଚ୍ଚ ୧୨ ତାରିଖରେ ମହାତ୍ମାଗାନ୍ଧୀ ଲବଣ ସତ୍ୟା ଗ୍ରହର ଡାକରା ଦେଲେ। ଗୁଜୁରାଟର ଦାଣ୍ଡିକୁ ଲବଣ ସତ୍ୟାଗ୍ରହ ପାଇଁ ଗାନ୍ଧିଜୀଙ୍କର ପ୍ରସିଦ୍ଧ ଦାଣ୍ଡିଯାତ୍ରା ଆରମ୍ଭ ହୁଏ। ସେହିପରି ଓଡ଼ିଶାର ବାଲେଶ୍ୱରସ୍ଥ ଇ ୁଡ଼ି ଠାରେ ଲୁଣମରା ହେବା ପାଇଁ ସ୍ଥିର ହୋଇଥାଏ। ପୋଲିସର ଦମନଲୀଳାକୁ ଭ୍ରୂକ୍ଷେପ ନ କରି ଆଚାର୍ଯ୍ୟ ହରିହର ଓ ଗୋପବନ୍ଧୁ ଚୌଧୁରୀଙ୍କ ନେତୃତ୍ୱରେ ସତ୍ୟାଗ୍ରହୀମାନେ ଇ ୁଡ଼ି ଅଭିମୁଖେ ଯାତ୍ରାକଲେ। ରମାଦେବୀ ଏଥିରେ ସାମିଲ ହୋଇଥିଲେ। ଆଖପାଖ ଗାଁରେ ବୁଲି ମହିଳାମାନଙ୍କୁ ଲବଣ ସତ୍ୟାଗ୍ରହରେ ଯୋଗ ଦେବା ପାଇଁ ଅନୁରୋଧ କଲେ। ରମାଦେବୀଙ୍କ ସାହସ ଦେଖି, ତାଙ୍କ କଥାରେ ବିଶ୍ୱାସ ରଖି ଶହ ଶହ ସଂଖ୍ୟାରେ ମହିଳା ତାଙ୍କୁ ସହଯୋଗ କଲେ। ଇ ୁଡ଼ିରେ ଲୁଣମରା କାର୍ଯ୍ୟ ଶେଷ କରି ରମାଦେବୀ କୁଜଙ୍ଗ ଅଭିମୁଖେ ଯାତ୍ରା କଲେ। ସେଠାରେ କୁଜଙ୍ଗର ରାଣୀଙ୍କୁ ମଧ୍ୟ ଲୁଣମରା ଅଭିଯାନରେ ସାମିଲ କରାଇଥିଲେ।

୧୯୩୪ ମସିହାରେ ଗାନ୍ଧିଜୀ ହରିଜନ ଯାତ୍ରା ଆରମ୍ଭ କଲେ। ହରିଜନ ବସ୍ତି ସଫେଇ ଓ ସେମାନଙ୍କର ମନୋବୃ ି ପରିବ ୍ନ ଏହି ଯାତ୍ରାର ମୂଳ ଲକ୍ଷ୍ୟ ଥିଲା। ଏହି ଯାତ୍ରାରେ ହଜାର ହଜାର ଲୋକଙ୍କର ସମାବେଶ ହେଲା। ଗାନ୍ଧିଜୀଙ୍କ ସହ ସେତେବେଳେ ଏହି ପଦଯାତ୍ରାରେ ଥିଲେ ମୀରାବେନ୍, ପ୍ରଭାବତୀ ଦେବୀ, ଗୋପବନ୍ଧୁ ଚୌଧୁରୀ ଓ ମା’ ରମାଦେବୀ। ଗାନ୍ଧିଜୀ ରମାଦେବୀଙ୍କ ନେତୃତ୍ୱରେ ପରିଚାଳିତ ହୋଇଥିବା ହରିଜନ ଯାତ୍ରା କାର୍ଯ୍ୟର ଉଚ୍ଚ ପ୍ରଶଂସା କରିଥିଲେ। ରମାଦେବୀ କେବଳ ସ୍ୱାଧୀନତା ଆନ୍ଦୋଳନରେ ସାମିଲ ହୋଇନଥିଲେ ଗାଁ ଗଣ୍ଡାରେ ଥିବା ଅଶିକ୍ଷିତ, ଗରିବ, ଦରିଦ୍ର, ନିଷ୍ପେଷିତ ଲୋକଙ୍କ ମୁହଁରେ ହସ ଫୁଟାଇବା ପାଇଁ ମଧ୍ୟ ଆପ୍ରାଣ ଚେଷ୍ଟା କରିଥିଲେ। ଏପରିକି ସେ ସମୟରେ ରମାଦେବୀ ହରିଜନ ପାଣ୍ଠିକୁ ତାଙ୍କର ସୁନା ଗହଣା ମୁକ୍ତ ହସ୍ତରେ ଦାନ କରିଥିଲେ। ଏହା ପରେ ‘ମାନବ ସେବାକୁ ମାଧବ ସେବା’ ରୂପେ ଗ୍ରହଣ କରି ବରୀକୁ ନିଜର କର୍ମ କ୍ଷେତ୍ରରୂପେ ବାଛିନେଲେ ରମାଦେବୀ। କେବଳ ନିଜେ ନୁହଁନ୍ତି ପରିବାରକୁ ସେବାକର୍ମରେ ଦୀକ୍ଷିତ କରିଥିଲେ ସେ। ଦେବର ନବକୃଷ୍ଣ ଚୌଧୁରୀ, ଯାଆ ମାଳତୀ ଦେବୀ, ପୁତ୍ର ମନମୋହନ, କନ୍ୟା ଅନ୍ନପୂର୍ଣ୍ଣା ଓ ଜ୍ୱାଇଁ ଶରତ ଚନ୍ଦ୍ର ମହାରଣା ସମସ୍ତଙ୍କୁ ତ୍ୟାଗ ଓ ସେବା ଧର୍ମରେ ଅନୁପ୍ରାଣିତ କରିଥିଲେ। ସତରେ,ତାଙ୍କ ଆତ୍ମୋତ୍ସର୍ଗର ପଟ୍ଟାନ୍ତର ନାହିଁ।

ଆନ୍ଦୋଳନ ଶେଷ ହେଲା, ଭାରତ ବର୍ଷ ସ୍ୱାଧୀନ ହେଲା। ମାତ୍ର ରମାଦେବୀ ଚୁପ୍ ହୋଇ ବସି ନ ଥିଲେ। କେବଳ ସେବା ଆଉ ସେବା ଥିଲା ତାଙ୍କର ଜୀବନର ପରମମନ୍ତ୍ର। ମହିଳାମାନଙ୍କର ଉନ୍ନତି ସାଧନ, ହରିଜନ କଲ୍ୟାଣ, ମୌଳିକ ଶିକ୍ଷା ପ୍ରଦାନ ଓ ଗ୍ରାମ ସଂଗଠନ ପାଇଁ ସେ ସର୍ବଦା କର୍ମତତ୍ପର ଥିଲେ। ରମାଦେବୀ ଯେ କେବଳ ଓଡ଼ିଶା ବାସୀଙ୍କ ପାଇଁ ଚିନ୍ତା କରୁଥିଲେ ତାହା ନୁହେଁ, ସେ ସମଗ୍ର ମାନବ ଜାତି ପାଇଁ ଚିନ୍ତା କରୁଥିଲେ। ଏହାହିଁ ଥିଲା ତାଙ୍କର ବିଶେଷତ୍ୱ। ସେଥିପାଇଁ ଭୂଦାନ ଆନ୍ଦୋଳନର ପ୍ରବକ୍ତା ବିନୋବାଜୀ ଓଡ଼ିଶା ଆଗମନ ସମୟରେ ରମାଦେବୀଙ୍କୁ ଭୂମି ବ ନ ଦାୟିତ୍ୱ ଦେଇଥିଲେ। ଜୀବନବ୍ୟାପୀ କରିଥିବା ସେବା ଓ ତ୍ୟାଗ ପାଇଁ ତାଙ୍କୁ ୧୯୮୧ ମସିହାରେ ‘ଯମୁନା ଲାଲ ବାଜାଜ୍’ ପୁରସ୍କାର ପ୍ରଦାନ କରି ସମ୍ମାନିତ କରାଯାଇଥିଲା। ଏଥିପାଇଁ ତାଙ୍କୁ ମିଳିଥିବା ଏକ ଲକ୍ଷ ଟଙ୍କାକୁ ସେ ଅସହାୟ ମହିଳା ଓ ଶିଶୁମାନଙ୍କ ପାଇଁ ଦାନ କରିଥିଲେ। ସେହିପରି ରମାଦେବୀଙ୍କ ଉତ୍ସର୍ଗୀକୃତ ସେବା ଓ କାର୍ଯ୍ୟକୁ ସ୍ୱୀକୃତି ଜଣାଇ ଉତ୍କଳ ବିଶ୍ୱବିଦ୍ୟାଳୟ ରମାଦେବୀଙ୍କୁ ୧୯୮୪ ମସିହାରେ ସମ୍ମାନ ସୂଚକ ଡକ୍ଟରେଟ୍ ଉପାଧି ପ୍ରଦାନ କରିଥିଲା। ଏସବୁ ପୁରସ୍କାର ଓ ସମ୍ମାନ ଲାଭ କରିବା ପରେ ସେ କହିଥିଲେ ପୁରସ୍କାର ଓ ସମ୍ମାନ ହେଲା ଲୋକ ଦେଖାଣିଆ ଉପହାର, ଭଗବାନଙ୍କ ଆଶୀର୍ବାଦ ହିଁ ପ୍ରକୃତ ପୁରସ୍କାର ଓ ଶ୍ରେଷ୍ଠ ସମ୍ମାନ।

ମଣିଷ ବ ୍ରହେ ତାର କର୍ମକୁ ନେଇ, ଦୀର୍ଘ ଜୀବନ ପାଇଁ ନୁହେଁ। ଏହାକୁ ଯଥାର୍ଥରେ ପ୍ରତିପାଦନ କରିଥିଲେ ମା’ ରମାଦେବୀ। ତ୍ୟାଗ ଓ ମମତାର ଅନନ୍ୟ ପ୍ରତିମା ଥିଲେ ସେ। ଆଜି ରମାଦେବୀ ଆମ ଗହଣରେ ନାହାଁନ୍ତି। ୧୯୮୫ ମସିହା ଜୁଲାଇ ୨୨ତାରିଖ ଦିନ ସେ ଚାଲିଯାଇଛନ୍ତି ଅଫେରା ରାଇଜକୁ; କିନ୍ତୁ ସେ ଜୀଇଁ ରହିଛନ୍ତି ଆମ ମାନସ ପଟରେ ଚିର ଦିନ ପାଇଁ ଚିରବନ୍ଦନୀୟା ହୋଇ ଓ ରହିଥିବେ ମଧ୍ୟ। ମା’ ରମାଦେବୀଙ୍କ ପ୍ରଦର୍ଶିତ ମାର୍ଗ ଓଡ଼ିଆ ଜାତିକୁ ଦିଗ୍‌ଦର୍ଶନ ଦେଉ ଓ ଆମ ସମସ୍ତଙ୍କୁ ସେବା ମନ୍ତ୍ରରେ ଦୀକ୍ଷିତ କରୁ ଏହାହିଁ ଆଜିର ଅନୁଚିନ୍ତା। ଯଦୁନାଥ ଦାଶ ମହାପାତ୍ରଙ୍କ ଭାଷାରେ –

“ତମରି ମୃତ୍ୟୁରେ ଆଜି
ଲୁହ ବନ୍ୟା ସବୁରି ଆଖିରେ
ତ୍ୟାଗର ଶତାବ୍ଦୀ ଶେଷ
ଶୂନ୍ୟତାର ଦେବାଳୟେ
ଭାଙ୍ଗିପଡେ
ଚନ୍ଦ୍ରଭାଗା ତୀରେ ।”

*ସଭାପତି*
*ସାରସ୍ୱତ ପରିଷଦ, ଜଗତସିଂହପୁର*
*ମୋ.୯୯୩୭୧୫୧୦୫୨*




# ଧର୍ମ ପରିବର୍ତ୍ତନ ନା ହୃଦୟ ପରିବର୍ତ୍ତନ !

ନିକଟରେ ରାଜଧାନୀ ଦିଲ୍ଲୀର ଆମ୍ବେଦକର ଭବନଠାରେ ଦଶ ହଜାରରୁ ଊର୍ଦ୍ଧ୍ୱ ଲୋକଙ୍କ ସମାଗମ ହୋଇଥିଲା । ସମସ୍ତେ ଏକ ସ୍ୱରରେ କହୁଥିଲେ କୃଷ୍ଣ ଭଗବାନ କିଏ? ରାମଙ୍କୁ ଆମେ କାହିଁକି ମାନିବୁ? ଶିବ ଗଞ୍ଜୋଡ଼ ଇତ୍ୟାଦି। ମନ ଭିତରେ ସେମାନଙ୍କର ଭୀଷଣ କ୍ଷୋଭ ଓ ବିରକ୍ତିକର ଭାବନା ବାରି ହୋଇପଡୁଥିଲା। ଗତ ମାସର ପ୍ରଥମ ସପ୍ତାହରେ ଘଟିଥିବା ଏହି ମତାନ୍ତରଣ ଆମ ସମସ୍ତଙ୍କୁ ଦୀର୍ଘଦିନ ପର୍ଯ୍ୟନ୍ତ ଚିନ୍ତା କରିବାକୁ ବାଧ୍ୟ କରିବ। ଆୟୋଜକମାନେ ଦାବି କରନ୍ତି ଯେ, ଆମ ସମ୍ବିଧାନ ପ୍ରତ୍ୟେକ ବ୍ୟକ୍ତିଙ୍କୁ ନିଜ ଇଚ୍ଛା ଅନୁସାରେ କୌଣସି ଧର୍ମ ଗ୍ରହଣ କରିବା ପାଇଁ ସ୍ୱାଧୀନତା ଦେଇଆସିଛି। ଏହି କାର୍ଯ୍ୟକ୍ରମରେ ଦଶହଜାର (ଦଳିତ) ଜନଜାତିବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କରି ବୌଦ୍ଧଧର୍ମ ଗ୍ରହଣ କଲେ। ବର୍ତ୍ତମାନ ପ୍ରଶ୍ନ ଉଠୁଛି ଏକସଙ୍ଗରେ ଦଶ ହଜାର ବ୍ୟକ୍ତିଙ୍କୁ କିପରି ହିନ୍ଦୁଧର୍ମ ଅସହ୍ୟବୋଧ ହେଲା, ବୌଦ୍ଧମତ ପ୍ରତି ଆସ୍ଥା ଘନୀଭୂତ ହେଲା? କାର୍ଯ୍ୟକ୍ରମଟିରେ ମନ୍ତ୍ରୀ ରାଜେନ୍ଦ୍ର ପାଲ ଗୌତମଙ୍କର ସକ୍ରିୟତା ବିବାଦାସ୍ପଦ ମନେହୁଏ। ସମାରୋହରେ ବାବାସାହେବ ଆମ୍ବେଦକରଙ୍କ ନାତି ରାଜରତ୍ନ ଆମ୍ବେଦକର ଉପସ୍ଥିତ ଥିଲେ। ସେ ଲୋକମାନଙ୍କୁ ହିନ୍ଦୁ ଦେବଦେବୀଙ୍କୁ ନ ମାନିବା, ପୂଜାପାଠ ନ କରିବା ଆଦି ପ୍ରତିଜ୍ଞା କରାଉଥିଲେ। ତାଙ୍କ ବକ୍ତବ୍ୟରେ ଭାରତୀୟ ସମାଜ ବ୍ୟବସ୍ଥା ପ୍ରତି ଆକ୍ରମଣାତ୍ମକ ମନୋଭାବ ଭରିରହିଥିଲା।

ବାବାସାହେବ ବୌଦ୍ଧ ଭିକ୍ଷୁ ନଥିଲେ ବରଂ ଜଣେ ରାଜନୈତିକ ବ୍ୟକ୍ତି ଥିଲେ। ସେ ୧୯୩୫ ମସିହାରେ ହିନ୍ଦୁଧର୍ମ ତ୍ୟାଗ କରିବାକୁ ଘୋଷଣା କରଥିଲେ ମଧ୍ୟ ସ୍ୱାଧୀନତା ପରବର୍ତ୍ତୀ ସମୟରେ ୧୯୫୬ ମସିହାରେ ବୌଦ୍ଧଧର୍ମ ଗ୍ରହଣ କଲେ। ପ୍ରଶ୍ନ ଉଠେ ସେ ଦୀର୍ଘ ୨୦ ବର୍ଷ କାହିଁକି ଅପେକ୍ଷା କଲେ? ତାଙ୍କର ନିଷ୍ପତ୍ତି ଭୁଲ ଥିଲା କି? ବାବାସାହେବ ବୌଦ୍ଧଧର୍ମ ଗ୍ରହଣ କରିବା ପଛର ବଡ଼ କାରଣ ଥିଲା ହିନ୍ଦୁଧର୍ମରେ ଥିବା ପଛୁଆ (ଦଳିତ) ବର୍ଗଙ୍କୁ ସମାନ ଅଧିକାର ଦେବା। ବାବାସାହେବଙ୍କ ଉଦ୍ଦେଶ୍ୟ ମହାନ ଥିଲେ ମଧ୍ୟ ଏହାର କୌଣସି ପ୍ରଭାବ ତତ୍କାଳୀନ ସମାଜରେ ପଡ଼ିପାରି ନଥିଲା। ବାବା ସାହେବଙ୍କ ପରେ ବହୁ ପଛୁଆ ଦଳିତ ବର୍ଗର ବ୍ୟକ୍ତି ବୌଦ୍ଧଧର୍ମ ଗ୍ରହଣ କରିଥିଲେ। ସବର୍ଣ୍ଣ ଅସବର୍ଣ୍ଣ ଭେଦଭାବରେ କୌଣସି ପରିବର୍ତ୍ତନ ଆସି ନଥିଲା। ଦୀର୍ଘ ୭୦ବର୍ଷ ପରେ ଏବେ ଯଦି ହିନ୍ଦୁ ସମାଜକୁ ଦେଖିବା, ତେବେ ଆଜି ଅନେକ କ୍ଷେତ୍ରରେ ଦଳିତଙ୍କର ସାମାଜିକ ଉତ୍ଥାନ ହୋଇଛି। ସେମାନେ ସବର୍ଣ୍ଣଙ୍କ ସହିତ ସମାନ କିମ୍ବା କେତେକ ସ୍ଥାନରେ ସେମାନଙ୍କଠାରୁ ଅଧିକ ଭଲ ସ୍ଥିତିରେ ଅଛନ୍ତି।

ବାସ୍ତବରେ ଏପରି କ'ଣ ଆବଶ୍ୟକ ପଡ଼ିଲା ଅଥଚ ଦଶ ହଜାର ପଛୁଆ ବର୍ଗର ବ୍ୟକ୍ତି ହିନ୍ଦୁଧର୍ମ ପରିତ୍ୟାଗ କଲେ? ଆୟୋଜକମାନଙ୍କ କାର୍ଯ୍ୟକଳାପକୁ ନେଇ ଅନେକ ସନ୍ଦେହ ସୃଷ୍ଟି ହେଉଛି। ବାବା ସାହେବଙ୍କର ଉଦ୍ଦେଶ୍ୟ ଥିଲା ସମାଜକୁ ଯୋଡ଼ିବା, ପଛୁଆ ବର୍ଗଙ୍କୁ ସମାନ ଅଧିକାର ପ୍ରଦାନ କରବା। କିନ୍ତୁ ସମ୍ପ୍ରତି ଏହି କାର୍ଯ୍ୟକ୍ରମରୁ ଜଣାପଡୁଛି ଏଠାରେ ସମାଜକୁ ଯୋଡ଼ିବା ବଦଳରେ ବିଭାଜନ କରିବାର ଭାବନା ବେଶି। କୌଣସି ବ୍ୟକ୍ତି ଜୈନ, ବୌଦ୍ଧ ଓ ଶିଖ ମତ ଗ୍ରହଣ କଲେ ତାଙ୍କୁ ଧର୍ମ ପରିବର୍ତ୍ତନ ବୋଲି ରାଷ୍ଟ୍ରୀୟ ସ୍ୱୟଂସେବକ ସଂଘ ସ୍ୱୀକାର କରେନାହିଁ। ସେମାନଙ୍କ ଉପରେ କୌଣସି ଆପତ୍ତି ଉଠାଏ ନାହିଁ। କାରଣ ବୌଦ୍ଧମତ ହିନ୍ଦୁଧର୍ମର ଏକ ଉପାଙ୍ଗ ରୂପେ ରହିଆସିଛି। ବର୍ତ୍ତମାନ କେନ୍ଦ୍ରରେ ବିଜେପି ସରକାରଙ୍କୁ ଶାସନରୁ ହଟାଇବା ପାଇଁ ହିନ୍ଦୁଧର୍ମରୁ ଜନଜାତି ପଛୁଆବର୍ଗଙ୍କୁ ଅଲଗା କରିବା ତଥା ମୁସଲମାନଙ୍କୁ ଅଗ୍ରାଧିକାର ଦେବା ଭିତ୍ତିରେ କେଜ୍ରିୱାଲ ସରକାର ଯୋଜନା ପ୍ରସ୍ତୁତ କରୁଛି। ଓଡ଼ିଶାର ଧର୍ମାନ୍ତରୀକରଣ ମଧ୍ୟ ଏକ ସ୍ପର୍ଶକାତର ବିଷୟ। ରାଜ୍ୟ ସରକାର ଏ ପ୍ରସଙ୍ଗରେ ଜାଣିଶୁଣି ଯେପରି ଆଖିବୁଜି ଦେଇଛନ୍ତି ତାହା ଆଗାମୀ ଦିନରେ ଓଡ଼ିଶାର ସଂସ୍କୃତି ତଥା ସମାଜ ଉପରେ ପ୍ରତିକୂଳ ପ୍ରଭାବ ପକାଇବ। ମୁଖ୍ୟମନ୍ତ୍ରୀ ନିକଟରେ ୟୁରୋପ ଗସ୍ତରେ ଯାଇ ପୋପ୍‌ଙ୍କୁ ଯେପରି ସାକ୍ଷାତ କଲେ ତାହା ଓଡ଼ିଶାକୁ ୟୁରୋପୀକରଣ କରିବାର ପ୍ରାକ୍ ପ୍ରସ୍ତୁତି ବୋଲି ବୁଝିବାକୁ ହେବ। ସମ୍ପୂର୍ଣ୍ଣ ରାଜନୈତିକ ଉଦ୍ଦେଶ୍ୟ ରଖି ଯେତେବେଳେ କାର୍ଯ୍ୟ କରାଯାଏ ସେତେବେଳେ ଧାର୍ମିକ ଆସ୍ଥା କେବଳ ଏକ ବାହାନା ହୋଇଥାଏ। ଦିଲ୍ଲୀର ଆମ୍ବେଦକର ଭବନରେ ଧର୍ମାନ୍ତରୀକରଣ ସମାରୋହ କରାଇଥିବା ବ୍ୟକ୍ତି ରାଜେନ୍ଦ୍ର ପାଲ 'ବୁଦ୍ଧିଷ୍ଟ ସୋସାଇଟ ଅଫ ଇଣ୍ଡିଆ' ଜୟଭୀମ ମିଶନର ରାଷ୍ଟ୍ରୀୟ ସଂରକ୍ଷକ। ଏହି ଜୟଭୀମ ମିଶନ ଓଡ଼ିଶାର ପୁରପଲ୍ଲୀରେ ଥିବା ଜନଜାତି ଅଞ୍ଚଳରେ ମଧ୍ୟ ତା'ର କାର୍ଯ୍ୟ ଆରମ୍ଭ କରିଦେଇଛି। ଓଡ଼ିଶାବାସୀ ସତର୍କ ରହିବା ଆବଶ୍ୟକ। ଧର୍ମ ପରିବର୍ତ୍ତନ ହୃଦୟ ପରିବର୍ତ୍ତନର ବିଷୟ। ରାଜନୈତିକ ଉଦ୍ଦେଶ୍ୟ ରଖି କାହାର ହୃଦୟକୁ ପରିବର୍ତ୍ତନ କରାଯାଇପାରେ ନାହିଁ। ଦେଶ ଦୁନିଆ ପାଇଁ ଏହା ଚିନ୍ତାର କାରଣ।

**—ଚିତ୍ତରଞ୍ଜନ ମହାପାତ୍ର**
ଶିମୂଳୀପାଟଣା, ଚନ୍ଦକା, ମୋ- ୯୪୩୯୫୬୧୮୫୪

## ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ସାଧାରଣ ବୈଠକ ଅନୁଷ୍ଠିତ

ଭୁବନେଶ୍ୱର (ପିଏନ୍): ଅଲ୍ ଓଡ଼ିଶା ପୁରୁଣା ସି.ଟି./ବି.ଏଡ୍. ମହାସଂଘର ଏକ ସାଧାରଣ ବୈଠକ ଭୁବନେଶ୍ୱରସ୍ଥିତ ସଂଘ କାର୍ଯ୍ୟାଳୟରେ କାର୍ଯ୍ୟକାରୀ ସଭାପତି ଶ୍ରୀଯୁକ୍ତ ଧନଞ୍ଜୟ ତ୍ରିପାଠୀଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ପୂର୍ବରୁ ମହାସଂଘର ଦାବିଗୁଡ଼ିକ ମାନ୍ୟବର ମୁଖ୍ୟମନ୍ତ୍ରୀ, ୫-ଟି ସଚିବ, ମୁଖ୍ୟ ଶାସନ ସଚିବ, ବିଭାଗୀୟ ସଚିବ ଓ ରାଜ୍ୟ ସାଙ୍ଗଠନିକ ସମ୍ପାଦକଙ୍କୁ ପ୍ରଦାନ କରାଯାଇଥିବାର ବିଷୟ ସମ୍ପାଦକ ଶ୍ରୀଯୁକ୍ତ ବାବାଜୀ ଚରଣ ବାରିକ ଉପସ୍ଥିତ ସଭ୍ୟ/ସଭ୍ୟାଙ୍କୁ ସୂଚନା ଦେଇଥିଲେ। ସେତେବେଳର ସରକାରୀ ଦଳର ମୁଖ୍ୟ ସଚେତନ ଶ୍ରୀମତ ପ୍ରମିଳା ମଲ୍ଲିକଙ୍କ ଦ୍ୱାରା ଆଗତ ପ୍ରସ୍ତାବ ବିଧାନସଭାରେ ଗୃହୀତ ହୋଇଥିଲା। ବର୍ତ୍ତମାନ ବିଧାନସଭାର ଶିକ୍ଷା ଷ୍ଟାଣ୍ଡିଂ କମିଟି ଅଧକ୍ଷ ଶ୍ରୀଯୁକ୍ତ ଭୂପିନ୍ଦର ସିଂହ ମଧ୍ୟ ଗୃହରେ ଆଲୋଚନା କରି ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଛନ୍ତି। ତେଣୁ ସରକାରଙ୍କ ଉଦ୍ଦେଶ୍ୟରେ କୌଣସି ବିରୋଧାତ୍ମକ କାର୍ଯ୍ୟ ନ କରି ପୂର୍ଣ୍ଣ ଭରସା ରଖି ତୁରନ୍ତ ବୟସ ଅତିକ୍ରାନ୍ତ ହୋଇଥିବା ସମସ୍ତ ପୁରୁଣା ସି.ଟି./ବି.ଏଡ୍. ଭାଇଭଉଣୀମାନଙ୍କୁ ସ୍ୱତନ୍ତ୍ର ପ୍ୟାକେଜ୍‌ରେ ନିଯୁକ୍ତି କରାଯିବାକୁ ସଂଘ ତରଫରୁ ସରକାରଙ୍କ ନିକଟରେ ଦାବି ରଖାଗଲା। ସମସ୍ତ ଅଧିକାରୀଙ୍କ ନିକଟକୁ ସଂଘର ଦାବିପତ୍ରକୁ ତୁରନ୍ତ ପହ ଇବାକୁ ସମ୍ପାଦକଙ୍କୁ ଦାୟିତ୍ୱ ପ୍ରଦାନ କରାଗଲା। ଉକ୍ତ ବୈଠକରେ ସଂଘର ଉପ-ସଭାପତି ମୀନକେତନ ମିଶ୍ର, ସହ-ସମ୍ପାଦକ ବିନୟ କୁମାର ମହାପାତ୍ର, କୋଷାଧକ୍ଷ ମନଜା ମଞ୍ଜରୀ ସାହୁ, କଲ୍ୟାଣୀ ସାହୁ, ସୁକାନ୍ତି ନନ୍ଦ, ଗଙ୍ଗାଧର ସାହୁ, ପ୍ରଦୀପ୍ତ କୁମାର ସାହୁ, ପ୍ରଶାନ୍ତ କୁମାର ରାଉତ, ବଂଶୀଧର ପାଣି, ଦର୍ଶନ କୁମାର ବିନ୍ଧାଣି, ନାରାୟଣ ଚନ୍ଦ୍ର ବାରିକ, ବିଷ୍ଣୁଚରଣ ଦାଶ, ବିଜୟ ନାୟକ, ସୁଦାମ ଚରଣ ଦାସ, ଜ୍ଞାନରଞ୍ଜନ ପଣ୍ଡା, ଚିତ୍ତରଞ୍ଜନ ବଳିଆରସିଂହ, ବ୍ରହ୍ମାନନ୍ଦ ପଣ୍ଡା, ପ୍ରଫୁଲ୍ଲ ମହାପାତ୍ର, ଗୋବିନ୍ଦ ଚନ୍ଦ୍ର ବେହେରା, ଗଗନ ଚନ୍ଦ୍ର ମିଶ୍ର, ଦିବାକର ପ୍ରଧାନ, ବିଦ୍ୟାଧର ସାହୁ, ଓ ଜଗନ୍ନାଥ ସାହୁ ପ୍ରମୁଖ ସଭ୍ୟସଭ୍ୟାମାନେ ଉପସ୍ଥିତ ଥିଲେ।

## ଫକୀରମୋହନ ବିଶ୍ୱବିଦ୍ୟାଳୟ ପରିସରରେ ଆନ୍ତର୍ଜାତିକ ଉନୁରୁମ ଉତ୍ସବ ଉଦ୍‌ଯାପିତ



ବାଲେଶ୍ୱର (ପିଏନ୍)-ବାଲେଶ୍ୱର ଫକୀରମୋହନ ବିଶ୍ୱବିଦ୍ୟାଳୟ ଭାଷା ଓ ସାହିତ୍ୟ ବିଭାଗ ପରିସରରେ କଳା, ସାହିତ୍ୟ ଓ ସଂସ୍କୃତିର ମହାର୍ଘ୍ୟ ପର୍ବ ଉନୁରୁମ ଆନ୍ତର୍ଜାତିକ ଉତ୍ସବ ଫକୀରମୋହନ ବିଶ୍ୱ ବିଦ୍ୟାଳୟ ଓ ୟଙ୍ଗହାର୍ଟ ମିଳିତ ସହଯୋଗରେ ଉଦ୍‌ଯାପିତ ହୋଇଯାଇଛି। ଏହି ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ବିଦ୍ୟାଳୟର କୁଳପତି ସନ୍ତୋଶ କୁମାର ତ୍ରିପାଠୀଙ୍କ ସଭାପତିତ୍ୱରେ ଆନ୍ତର୍ଜାତିକ ସ୍ତରର ଅତିଥି ମାନେ ଯୋଗ ଦେଇଥିବା ବେଳେ ପଦ୍ମଶ୍ରୀ ଇଲିଆନ ସିତାରିଷ୍ଟ, ପ୍ରଫେସର ମୁନେଶ ଚନ୍ଦ୍ର ଅଧିକାରୀ, କୁଙ୍କୁମିନା ଦାସ, ଅଭିନେତା ଅଶ୍ରୁମୋଚନ ମହାନ୍ତି, ଶୈଳେନ୍ଦ୍ର ମହାନ୍ତି ଏବଂ ମୁଖ୍ୟ ଅତିଥି ଭାବେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଯୋଗଦେଇ ନିଜ ନିଜର ବକ୍ତବ୍ୟ ରଖିଥିଲେ। ଏହି କାର୍ଯ୍ୟକ୍ରମରେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ପ୍ରକାରର ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା ବେଳେ ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ବିଭିନ୍ନ ଷ୍ଟଲରେ ନିଜସ୍ୱ ହସ୍ତଶିଳ୍ପ ପ୍ରଦର୍ଶନୀ ଓ ବିକ୍ରି ଏବଂ ବିଭିନ୍ନ ପ୍ରକାରର ଓଡ଼ିଆ ଘରର ପରମ୍ପରା ଅନୁସାରେ ଖାଦ୍ୟ, ପ୍ରଦର୍ଶନୀ ଏବଂ ବିକ୍ରି କରାଯାଇଥିଲା। ଶେଷରେ ଆମ ପରମ୍ପରାର ସଭାପତି ଶ୍ରୀଯୁକ୍ତ ବିକର୍ତନ ନାୟକ ଜଗନ୍ନାଥଙ୍କ ଭଜନ ଗାଇ ଧନ୍ୟବାଦ ଅର୍ପଣ କରିଥିଲେ।


## ପ୍ରକୃତି କୋଳରେ ସ୍ନାନର ଅନୁଭବ : ଫରେଷ୍ଟ ବାଥିଂ

ବର୍ତ୍ତମାନର ସମୟକୁ ଦେଖିଲେ ଅନେକ ବ୍ୟସ୍ତବହୁଳ ଜୀବନ ଭିତରେ ଶରୀରର ସୁସ୍ଥତାକୁ ଗୁରୁତ୍ୱ ଦେଇନଥାନ୍ତି କିନ୍ତୁ ପରବର୍ତ୍ତୀ ଯନ୍ତ୍ରଣାସିକ୍ତ ସମୟରେ ସେମାନଙ୍କୁ ଏହା ଅନୁଭବୀ କରିଥାଏ ଯେ ବାସ୍ତବରେ ସ୍ୱାସ୍ଥ୍ୟ ହିଁ ସମ୍ପଦ। ଆବହମାନ ସମୟରୁ ଆମ୍ଭେମାନେ ପ୍ରକୃତି ସହ ପ୍ରତ୍ୟକ୍ଷ ଓ ପରୋକ୍ଷ ଭାବେ ଜଡ଼ିତ। ମାଟି, ପାଣି ଓ ପବନରେ ଗଢ଼ା ଆମ ଏହି ସ୍ଥୂଳ ଶରୀର ଏବଂ ପ୍ରତିଟି ମଣିଷର ଶରୀର ତତ୍ତ୍ୱରେ ଏହି ତିନୋଟି ଉପାଦାନର ଗୁରୁତ୍ୱପୂର୍ଣ୍ଣ ଓ ଅପରିହାର୍ଯ୍ୟ ଉପଲବ୍ଧି ରହିଛି। ବର୍ତ୍ତମାନର ବସ୍ତୁସର୍ବସ୍ୱ ଓ ବୃତ୍ତିଗତ କ୍ଷେତ୍ରକୁ ନେଇ ଧାଁ ଧଉଡ ଜୀବନ ଭିତରେ ସମସ୍ତେ ଅନେକ ସମୟରେ କ୍ଲାନ୍ତ ବା ଶରୀରର ଅବସକୁ ଅନୁଭବ କରନ୍ତି। ସେମାନେ କିଛି ବିଶ୍ରାମ ଚାହିଁଥାନ୍ତି କିନ୍ତୁ ସେମାନଙ୍କ ବିଶ୍ରାମ ପରୋକ୍ଷ ଭାବେ ସେମାନଙ୍କର କାର୍ଯ୍ୟ ବ୍ୟସ୍ତତା ଭିତରେ ବାଧା ପହଞ୍ଚାଇଥାଏ। କିନ୍ତୁ ବାସ୍ତବ କଥା ହେଉଛି ଶରୀର ରଖି ହିଁ ଜୀବନ ଧର୍ମ ସାଧନ କରିବା କଥା ଯାହାକି ଅନେକ ସମୟରେ ଆମେ ଜାଣି ମଧ୍ୟ ଏହାକୁ କାର୍ଯ୍ୟରେ ପରିଣତ କରିନଥାଉ। ସୁସ୍ଥ ରହିବା ପାଇଁ ମଣିଷ ଯୋଗ, ବ୍ୟାୟାମ ଠାରୁ ସୁଷମ ତଥା ସନ୍ତୁଳିତ ଖାଦ୍ୟ ଖାଇବା ଯାଏ କ'ଣ ନକରେ। କିଛି ଲୋକ ଶରୀରକୁ ସତେଜ ରଖିବା ପାଇଁ କେତେବେଳେ ଷ୍ଟିମ ବାଥ, ମଡ୍ ବାଥ ଭଳି ପଦ୍ଧତି ଆପଣେଇଥାଆନ୍ତି। କିନ୍ତୁ ଫରେଷ୍ଟ ବାଥ। ମାନେ ଝରଣାରେ ଗାଧୋଇ ପଡ଼ିଲେ ତାହା ଜଙ୍ଗଲ ସ୍ନାନ ସହିତ ସମାନ ହୋଇଯିବ। କିନ୍ତୁ ଏହି ଧାରଣା ବି ଠିକ ନୁହେଁ। ଜଙ୍ଗଲ ସ୍ନାନ ହେଉଛି ଏକ ନିର୍ଦ୍ଦିଷ୍ଟ ପଦ୍ଧତି। ଜୀବନକୁ ଚାପମୁକ୍ତ, ସ୍ୱାସ୍ଥ୍ୟକର ତଥା ସୁଖଦ କରିବା ପାଇଁ ଜାପାନିମାନେ ପ୍ରଥମେ ଜଙ୍ଗଲ ସ୍ନାନ ପଦ୍ଧତି ଆରମ୍ଭ କରିଥିଲେ। ଏଥିରେ ଅତ୍ୟଧିକ ୱାର୍କଆଉଟ କରିବାକୁ ପଡ଼ିବ ନାହିଁ, ଜିମ୍ ଯିବାକୁ ହେବ ନାହିଁ। ତଥାପି ଜୀବନକୁ ସହଜ ଓ ସୁନ୍ଦର କରାଯାଇପାରିବ। ଜଙ୍ଗଲ ସ୍ନାନ କହିଲେ ଘଞ୍ଚ ଜଙ୍ଗଲର ଗାଢ଼ ସବୁଜିମା ମଧ୍ୟରେ କିଛି ଘଣ୍ଟା ଶାନ୍ତିରେ ଚଲାବୁଲା କରିବା। ଅନେକ ହୁଏତ ଜାଣିନଥାନ୍ତି ସାରା ବିଶ୍ୱରେ ପ୍ରଥମ ଥର ପାଇଁ ଜାପାନି ବିଶେଷଜ୍ଞମାନେ ଫରେଷ୍ଟ ବାଥିଂ ବା ଜଙ୍ଗଲ ସ୍ନାନର ଧାରଣା ସୃଷ୍ଟି କରିଥିଲେ। ଜାପାନର ସୀମା ଅତିକ୍ରମ କରି ଏବେ ଏହି ପଦ୍ଧତି ଅନ୍ୟାନ୍ୟ ଦେଶକୁ ପ୍ରସରି ଗଲାଣି। ଜଙ୍ଗଲ ସ୍ନାନ ଟ୍ରେକିଂ ବା ହାଇକିଂ ସହିତ ସମାନ ନୁହେଁ। ଜାପାନରେ ଏହି ପଦ୍ଧତିକୁ ଶିନ୍ରିନ ୟୋକୁ କୁହାଯାଏ। ଜାପାନି ବିଶେଷଜ୍ଞମାନଙ୍କ ଅନୁସାରେ ଜଙ୍ଗଲ ମଧ୍ୟର ହାଲୁକା ଚଲାବୁଲା କରିବା ଦ୍ୱାରା ଥକ୍କାପଣ, ଅବସାଦଜନିତ ଦୁର୍ବଳତା ଆଦି ଦୂରେଇଥାଏ। ତେବେ ଜଙ୍ଗଲ ସ୍ନାନ ସମୟରେ ଗପିବା, ମୋବାଇଲ ଦେଖିବା ଆଦିରୁ ବିରତ ରହିବାକୁ ପଡ଼ିବ। ଜଙ୍ଗଲ ଭିତରର ପରିବେଶ ବିଶୁଦ୍ଧ। ସେହି ପରିବେଶରେ କିଛି ସମୟ ଚଲାବୁଲା କଲେ ଶରୀର ମଧ୍ୟକୁ ଶୁଦ୍ଧ ଅମ୍ଳଜାନ ଯାଇଥାଏ। ମନ ଭିତରୁ ନକାରାତ୍ମକ ଭାବନା ଆପେ ଆପେ ଦୂରେଇ ଯାଇଥାଏ। ଜଙ୍ଗଲ ସ୍ନାନକୁ ନେଇ ଏହା ମଧ୍ୟରେ ବେଶ କେତୋଟି ଅଧ୍ୟୟନ ହୋଇସାରିଛି। ପ୍ରାୟ ସବୁ ଅଧ୍ୟୟନରେ ସମାନ ନିର୍ଯ୍ୟାସ ଦେଖିବାକୁ ମିଳିଛି ଯେ ଏହି ପଦ୍ଧତି ଆପଣେଇଥିବା ଲୋକଙ୍କ ମଧ୍ୟରେ ରକ୍ତଚାପ, ହୃଦଘାତ, ମଧୁମେହ, ମାନସିକ ଚାପ ଭଳି ସମସ୍ୟା ଅନେକାଂଶରେ କମିଯାଇଛି। ଉପରୋକ୍ତ ଫରେଷ୍ଟ ବାଥିଂ ନିଶ୍ଚିନ୍ତ ଭାବେ ଶରୀରକୁ ଉପଷମ ଦେବ। ପ୍ରକୃତି କୋଳରେ କିଛି ମୁହୂର୍ତ୍ତ ବିତାଇ ବିଶୁଦ୍ଧ ଅମ୍ଳଜାନ ଶରୀର ଭିତରକୁ ନେବା ସହ ଶାନ୍ତି, ସ୍ନିଗ୍ଧ ଅମୃତମୟ ପରିବେଶ ଆମ୍ଭ ମାନଙ୍କ ସ୍ୱାସ୍ଥ୍ୟ ଜୀବନଚର୍ଯ୍ୟାକୁ ଏକ ଦିବ୍ୟ ଆନନ୍ଦରେ ପରିଣତ କରିପାରିବ। ଏ କ୍ଷେତ୍ରରେ ଆମ୍ଭମାନଙ୍କର ମାନସିକତା ସର୍ବାଦୌ ପ୍ରାଥମିକତା। କାରଣ ଆମେ ଇଚ୍ଛା ନକଲେ ଏ ଆନନ୍ଦ ପାଇ ପାରିବା ନାହିଁ ଯାହାପାଖରେ ଅର୍ଥ, ପ୍ରତିପତ୍ତି, କ୍ଷମତା, ବାହୁବଳ କିଛି ହିଁ ନୁହେଁ। ସ୍ୱାସ୍ଥ୍ୟ ଯେ ଶ୍ରେଷ୍ଠ ସମ୍ପଦ ଏବଂ ନିରୋଳା ଶାନ୍ତ ପରିବେଶ ଭିତରେ ଆମ୍ଭେମାନେ କିପରି ଯେ ଅଶାନ୍ତମୟ ଜୀବନକୁ ଅତିବାହିତ କରୁଛେ ତାର ବଡ଼ ପ୍ରମାଣ ଏହି ଫରେଷ୍ଟ ବାଥିଂ ହିଁ ଦେଇଥାଏ। ଜୀବନରେ କେବେ ସୁଯୋଗ ପାଇଲେ ଏପରି ଦିବ୍ୟ ଆନନ୍ଦକୁ ହାତଛଡ଼ା କରନ୍ତୁନାହିଁ।

## ଜିଲ୍ଲାସ୍ତରୀୟ "ସମ୍ବିଧାନ ଦିବସ" ପାଳନ ଅବସରରେ ମୁଖବନ୍ଧ ପାଠ ଅନୁଷ୍ଠିତ

ବାଲେଶ୍ୱର (ପିଏନ୍)- ସ୍ୱାଧୀନତା ପ୍ରାପ୍ତି ପରେ ୧୯୪୯ ମସିହା ନଭେମ୍ବର ମାସ ୨୬ ତାରିଖରେ ଭାରତବର୍ଷ ନିଜକୁ ଦେଇଥିଲା ଏହାର ସମ୍ବିଧାନ। ଭାରତ ସମ୍ବିଧାନର ପିତା ଡକ୍ଟର ଭୀମରାଓ ଆମ୍ବେଦକରଙ୍କ ନେତୃତ୍ୱରେ ସମ୍ବିଧାନ ପ୍ରଣୟନ ସଭାରେ ଗୃହୀତ ହେବା ପରେ ୧୯୪୯ ମସିହା ନଭେମ୍ବର ୨୬ ତାରିଖରେ ଆମ ସମ୍ବିଧାନ ଅଙ୍ଗୀକୃତ, ଅଧିନିୟମିତ ତଥା ଆତ୍ମାର୍ପିତ ହୋଇଥିଲା। ଏହି ନଭେମ୍ବର ୨୬ ତାରିଖ ଦିନଟିକୁ ଭାରତବର୍ଷର ସମ୍ବିଧାନ ଦିବସ ରୂପେ ପାଳନ କରାଯାଇଆସୁଅଛି। ଆମ ରାଜ୍ୟରେ ଏହା ବିଭିନ୍ନ ସରକାରୀ ତଥା ବେସରକାରୀ ସ୍ତରରେ ଭିନ୍ନ ଭିନ୍ନ ଅନୁଷ୍ଠାନର ଭିନ୍ନ ଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ପାଳନ କରାଯାଉଛି। ଆମ ସମ୍ବିଧାନର ପ୍ରାରମ୍ଭରେ ଏହାର ମୁଖବନ୍ଧ ସ୍ଥାନିତ ହୋଇଅଛି ଯାହାକୁ ସମ୍ବିଧାନର ଆତ୍ମା କୁହାଯାଇଥାଏ। ସମ୍ବିଧାନ ଦିବସ ପାଳନର ଏକ ମୁଖ୍ୟ ଅଂଶ ହେଉଛି ସମସ୍ତ ନାଗରିକଙ୍କ ଦ୍ୱାରା ମୁଖବନ୍ଧ ପାଠ। ବାଲେଶ୍ୱର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟ ପରିସରରେ ଜିଲ୍ଲା କାର୍ଯ୍ୟାଳୟର ବିଭିନ୍ନ ବିଭାଗର ଅଧିକାରୀ ତଥା କର୍ମଚାରୀଙ୍କୁ ନେଇ ଏହି ମୁଖବନ୍ଧ ପାଠ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଉପସ୍ଥିତ କର୍ମଚାରୀ ଓ ଅନ୍ୟମାନଙ୍କୁ ଅତିରିକ୍ତ ଜିଲ୍ଲାପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ। ଏହି କାର୍ଯ୍ୟକ୍ରମରେ ବାଲେଶ୍ୱର ଅତିରିକ୍ତ ଉପଜିଲ୍ଲାପାଳ ଶ୍ରୀ କିଶୋର ଚନ୍ଦ୍ର ସ୍ୱାଇଁ, ଡେପୁଟି କଲେକ୍ଟର ଶ୍ରୀ ସିତାଂଶୁ ଦାସ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ, ଶ୍ରୀ ପୂର୍ଣ୍ଣଚନ୍ଦ୍ର ଜେନା, ଜିଲ୍ଲା ସଂସ୍କୃତି ଅଧିକାରୀ ଶ୍ରୀ ଆଶୀଷ କୁମାର ସାହୁ, ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀ ଯୁବକ ମାଝୀ, ଅବକାରୀ ଅଧକ୍ଷକ ଓ ଅନ୍ୟ ଅଧିକାରୀ ତଥା କର୍ମଚାରୀ ଉପସ୍ଥିତ ରହି ମୁଖବନ୍ଧ ପାଠରେ ସହଯୋଗ କରିଥିଲେ। ପ୍ରକାଶ ଥାଉକି ପ୍ରଥମେ ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ଶ୍ରୀ ଭବାନୀ ଶଙ୍କର ଭୂୟାଁ ସମ୍ବିଧାନ ଦିବସ ପାଳନର ତାତ୍ପର୍ଯ୍ୟ ବର୍ଣ୍ଣନା କରିଥିଲେ ଏବଂ ତତ୍ ପରେ ଅତିରିକ୍ତ ଜିଲ୍ଲପାଳ ଶ୍ରୀ ନିଲୁ ମହାପାତ୍ର ମୁଖବନ୍ଧ ପାଠ କରାଇଥିଲେ।

## ଗାନ୍ଧୀଙ୍କ ପ୍ରାସଙ୍ଗିକତା ସର୍ବଦା ରହିଛି



ଭୁବନେଶ୍ୱର (ପିଏନ୍): ସ୍ଥାନୀୟ ଶହୀଦନଗର କାର୍ଯ୍ୟାଳୟଠାରେ ସାମାଜିକ ବୌଦ୍ଧିକ ତଥା ଜାତିର ପିତା ମହାତ୍ମା ଗାନ୍ଧୀଙ୍କ ଆଦର୍ଶ ଚିନ୍ତାଧାରାକୁ ନେଇ ଗଠିତ ଅନୁଷ୍ଠାନ "ହର ଦିଲମେଁ ଗାନ୍ଧୀ"ର ଏକ ବୈଠକ ଅନୁଷ୍ଠିତ ହୋଇଯାଇଛି। ଗାନ୍ଧୀଙ୍କ ଆଦର୍ଶ, ଚିନ୍ତାଧାରାକୁ ବିଭିନ୍ନ କାର୍ଯ୍ୟକ୍ରମ ମାଧ୍ୟମରେ ଜନସାଧାରଣଙ୍କ ପାଖରେ ପହ ଇବା ତଥା ବିଭିନ୍ନ ସାମାଜିକ ସଂଗଠନମାନଙ୍କୁ ଏକତ୍ର କରି ଗାନ୍ଧୀଙ୍କ ଚିନ୍ତାଧାରା, କାର୍ଯ୍ୟ, ମୂଲ୍ୟବୋଧ ତଥା ଦେଶପ୍ରେମର ଅର୍ଘ୍ୟ ସମାଜରେ ପରିବ୍ୟାପ୍ତ କରିବା ଲକ୍ଷ୍ୟକୁ ନେଇ ଉକ୍ତ ବୈଠକ ସ୍ୱାଧୀନତା ସଂଗ୍ରାମୀ ଉତ୍ତରଦାୟାଦ ସଂଗଠନର ଆବାହକ, ବିଶିଷ୍ଟ ସମାଜସେବୀ ଶିବ ନାରାୟଣ ମିଶ୍ରଙ୍କ ସଭାପତିତ୍ୱରେ ଅନୁଷ୍ଠିତ ହୋଇଥିଲା। ସମାଜସେବୀ ଗାନ୍ଧିବାଦୀ ବିଜୟ ତ୍ରିପାଠୀ, ଶହୀଦ ରଘୁ-ଦିବାକର ସ୍ମୃତି ସଂସଦର ସାଧାରଣ ସମ୍ପାଦକ ବ୍ରଜବନ୍ଧୁ ପରିଡ଼ା, ପୂଜ୍ୟପୂଜା ସଂସ୍କୃତି ସୁରକ୍ଷା ଅଭିଯାନର ମୁଖପାତ୍ର ସାମ୍ବାଦିକ ଅରବିନ୍ଦ ତ୍ରିପାଠୀ, ନାରାୟଣ ସେବା ଫାଉଣ୍ଡେସନ୍‌ର ପ୍ରତିଷ୍ଠାତା ସୀତାଂଶୁ ଶେଖର ମହାରଣା, ସଂଗ୍ରାମୀ ଦାୟାଦ ରାଜକୁମାର ଜେନା ଯୋଗଦେଇ ଗାନ୍ଧୀଙ୍କ ନୀତି, ଆଦର୍ଶ ଯୁଗେଯୁଗେ ରହିଛି ଓ ରହିବ ବୋଲି ମତବ୍ୟକ୍ତ କରିଥିଲେ। ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ ସମାଜସେବୀ ଶରତ ଚନ୍ଦ୍ର ପ୍ରଧାନ।

## ନୀଳଗିରି ଅ ଳରୁ ବ୍ରାଉନସୁଗାର ଜବତ

ବାଲେଶ୍ୱର (ପିଏନ୍)-ନୀଳଗିରି ଥାନା ଅନ୍ତର୍ଗତ ସନ୍ତରାଗଡ଼ିଆ ଅ ଳରୁ ବ୍ରାଉନ ସୁଗାର ଜବତ କରାଯାଇଛି। ବାଲେଶ୍ୱର ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାର୍ଡ଼ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୨୪୨ ଗ୍ରାମ ଧଳା ଜହର ଜବତ ସହ ଜଣଙ୍କୁ ଗିରଫ କରାଯାଇଛି। ଗିରଫ ଜଣଙ୍କ ହେଲେ ସନ୍ତରାଗଡ଼ିଆ ନିକଟ ଯୁକ ଗାଡ଼ିଆ ଅ ଳର ପର୍ଶୁରାମ ପାଣିଗ୍ରାହୀ। ଏବେ କିଛିଦିନ ହେଲା ପର୍ଶୁରାମ ଗାଁରେ ବ୍ରାଉନସୁଗାର କାରବାର ଚଳାଇ ଆସୁଥିଲା। ତେବେ ଜିଲ୍ଲା ଅବକାରୀ ମୋବାଇଲ ସ୍କ୍ୱାଡ୍ ଓ ନୀଳଗିରି ଅବକାରୀ ବିଭାଗ ପକ୍ଷରୁ ମିଳିତ ଚଢ଼ଉ କରାଯାଇ ୫ ହଜାର ଟଙ୍କା ନଗଦ ଜବତ ସହ ୨୪ ଲକ୍ଷ ୨୦ ହଜାର ଟଙ୍କାର ବ୍ରାଉନ ସୁଗାର ଜବତ କରାଯାଇଛି।

## ଇଫ୍‌କୋ ପକ୍ଷରୁ ଗୋମଙ୍ଗଳ ସମିତିକୁ ଗୋଖାଦ୍ୟ ପ୍ରଦାନ



ପାରାଦୀପ (ପିଏନ୍)-କେନ୍ଦ୍ରାପଡାରେ ଥିବା ଶ୍ରୀଶ୍ରୀ ସିଦ୍ଧବଳଦେବ ଜିଉ ଗୋମଙ୍ଗଳ ସମିତିକୁ ପାରାଦୀପ ଇଫକୋ ପକ୍ଷରୁ ଗୋଖାଦ୍ୟ ପ୍ରଦାନ କରାଯାଇଛି। ଏହି ଗୋମଙ୍ଗଳ ସମିତିରେ ୬୦ରୁ ଊର୍ଦ୍ଧ୍ୱ ଗାଇଗୋରୁ ରହୁଥିବା ବେଳେ ଆର୍ଥିକ ସଂକଟ ଯୋଗୁଁ ସେମାନଙ୍କୁ ସଠିକ ଭାବେ ଗୋଖାଦ୍ୟ ଯୋଗାଯାଇପାରୁ ନଥିବାରୁ ସମିତି ପକ୍ଷରୁ ଇଫକୋ ପାରାଦୀପ ୟୁନିଟର ନିର୍ଦ୍ଦେଶକ କେ.ଜେ. ପଟେଲଙ୍କୁ ସହଯୋଗ ନିମନ୍ତେ ଅନୁରୋଧ କରାଯାଇଥିଲା। ଏହି ମର୍ମରେ ଇଫକୋ କର୍ତ୍ତୃପକ୍ଷ ତୁରନ୍ତ ଦୁଇ ଟନରୁ ଊର୍ଦ୍ଧ୍ୱ ଗୋଖାଦ୍ୟ ସାମଗ୍ରୀ ଏହି ଗୋମଙ୍ଗଳ ସମିତିକୁ ପ୍ରଦାନ କରିଥିଲେ। ଇଫକୋ ଲୋକସମ୍ପର୍କ ଅଧିକାରୀ ପ୍ରଶନ୍ନ କୁମାର ବେଉରାଙ୍କ ନେତୃତ୍ୱରେ ଏକ ଟିମ ସେଠାରେ ପହଁଚି ସମିତିର ସଭାପତି ଫକିର ଚରଣ ଖଟୁଆ, ସମ୍ପାଦକ ସୁଶିଲ କୁମାର ସାମଲ ଏବଂ ଅନ୍ୟ ସଦସ୍ୟଙ୍କ ଉପସ୍ଥିତିରେ ଏହି ସାମଗ୍ରୀ ପ୍ରଦାନ କରିଥିଲେ। ସୂଚନା ଥାଉକି, ଜଗତସିଂହପୁର ଓ କେନ୍ଦ୍ରାପଡା ଜିଲ୍ଲା ସମେତ ଓଡିଶାର ବିଭିନ୍ନ ସ୍ଥାନରେ ଇଫକୋ ପକ୍ଷରୁ ଏଭଳି ଜନମଙ୍ଗଳକାରୀ କାର୍ଯ୍ୟ ଜାରୀ ରହିଛି ବୋଲି ଶ୍ରୀ ବେଉରା କହିଛନ୍ତି।

## ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶୋକ

ଯାଜପୁର (ପିଏନ୍): ସାହିତ୍ୟିକ ତଥା ଗବେଷକ ଡଃ ଏକାଦଶୀ ପାଢ଼ୀଙ୍କ ବିୟୋଗରେ ଶ୍ରୀ ବିରଜା ସେବାସମିତି ପକ୍ଷରୁ ଶୋକ ପ୍ରକାଶ କରାଯାଇଅଛି। ସ୍ୱର୍ଗତ ପାଢ଼ୀ ଶିକ୍ଷକତା ସହିତ ବହୁ ପୁସ୍ତକ ରଚନା କରିଥିଲେ ଓ କେତେକ ଐତିହାସିକ ସମ୍ପର୍କରେ ଗବେଷଣାରେ ବୁଡ଼ି ରହିଥିଲେ। ସେ ବହୁ ସ୍ଥାନରେ ସମ୍ବର୍ଦ୍ଧିତ ହୋଇଥିଲେ। ଶ୍ରୀ ବିରଜା ମନ୍ଦିର ପଣ୍ଡିତ ସଭାର ସେ ଜଣେ ସକ୍ରିୟ ବାହ୍ମଣ ଥିଲେ। ଶ୍ରୀ ବିରଜା ସେବା ସମିତି ସମ୍ମାନ ତାଙ୍କୁ ପ୍ରଦାନ କରାଯାଇଥିଲା। ସ୍ୱର୍ଗତ ପାଢ଼ୀ ଥିଲେ ଜଣେ ସରଳ, ଅମାୟିକ ଓ ସ୍ପଷ୍ଟବାଦୀ। ଏଣୁ ବିରଜା ସେବା ସମିତି ପକ୍ଷରୁ ସଭାପତି ବିଶ୍ୱମ୍ଭର ମିଶ୍ର, ସମ୍ପାଦକ ସମାଜସେବୀ ପାଣ୍ଡବ ସାହୁ, ଉପସଭାପତି ପ୍ରମୋଦ ଦ୍ୱିବେଦୀ ଓ ଶିବପ୍ରସାଦ ବଳ, କର୍ମକର୍ତ୍ତା ବନବିହାରୀ ମହାପାତ୍ର, ଗଦାଧର ରାଉତ, କ୍ଷୀରୋଦ ପାଠୀ, ବୃନ୍ଦାବନ ମିଶ୍ର, ଅଧିକାରୀ ନବକିଶୋର ଦାସ, ସୁବାସ ମହାନ୍ତି, ସୁବାସ ମହାପାତ୍ର, ବ୍ରଜକିଶୋର ମହାନ୍ତି, ମହେନ୍ଦ୍ର କୁମାର ଦାସ, ଗିରିଧାରୀ ସ୍ୱାଇଁ, ରମେଶ ଚନ୍ଦ୍ର ରାଉତ, ହରିହର ବେହେରା, ବିରଜା ପ୍ରସାଦ କର, ମଧୁସୂଦନ ମହାନ୍ତି, ଶ୍ରୀନାଥ ମହାନ୍ତି ପ୍ରମୁଖ ଶୋକ ପ୍ରକାଶ କରିଥିଲେ।

## ପାରାଦୀପ ବନ୍ଦର ଏସସି/ଏସଟି ଆସୋସିଏସନ ପକ୍ଷରୁ ସମ୍ବିଧାନ ଦିବସ ପାଳିତ

ପାରାଦୀପ (ପିଏନ୍)- ପାରାଦୀପ ବନ୍ଦର ଏସସି/ଏସଟି ୱେଲଫେୟାର ଆସୋସିଏସନ ପକ୍ଷରୁ ପାରାଦୀପସ୍ଥିତ ଡଃ. ବି.ଆର. ଆମ୍ବେଦକର ପାର୍କ ପରିସରରେ ୧୬୬ତମ ସମ୍ବିଧାନ ଦିବସ ପାଳିତ ହୋଇଯାଇଛି। ଏହି ଅବସରରେ ଆସୋସିଏସନ ପକ୍ଷରୁ ସମ୍ବିଧାନ ପ୍ରଣେତା ବାବାସାହେବ ଭାରତରତ୍ନ ଡଃ. ବି.ଆର. ଆମ୍ବେଦରଙ୍କ ପ୍ରତିମୂର୍ତ୍ତିରେ ସାଧାରଣ ସମ୍ପାଦକ ଧ୍ରୁନଚନ୍ଦ୍ର ତରାଇ, ସହସମ୍ପାଦକ ଅଜୟ କୁମାର ବେହେରା, ବନ୍ଦରର ପୂର୍ବତନ ଟ୍ରଷ୍ଟି ପରେଶ ମୁର୍ମୁ, ବର୍ତମାନର ଟ୍ରଷ୍ଟି ସୁନିଲକାନ୍ତ ଦାସ, ଲିତାରାମ ହାଇବ୍ରୁ, ବିପ୍ଳବ କୁମାର ଜେନା, ମହେଶ୍ୱର ସୋରେନଙ୍କ ସମେତ ଅନ୍ୟ ବହୁ ସଦସ୍ୟମାନେ ମାଲ୍ୟାର୍ପଣ କରି ସମ୍ବିଧାନ ଦିବସ ପାଳନ କରିଥିଲେ।




# DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple,
Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.KG. & U.KG.
N-3B-14/15, Ekamra Kanan Road,Nayapalli, BBSR
Tel (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Phagun Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.KG., U.KG., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ଆନ୍ଦୋଳନର ଡାକରା ଦେବାରୁ ଶାସନ ବ୍ୟବସ୍ଥାର ନାଲି ଆଖି

ରାଉରକେଲା, (ପିଏନ)- ରାଉରକେଲା ଶିଶୁ ବିକାଶ ଯୋଜନା ଅଧିନରେ କାର୍ଯ୍ୟରତ ଅଙ୍ଗନବାଡି କର୍ମୀ ମାନଙ୍କ ଭିତରୁ କାର୍ଯ୍ୟରେ ଅବହେଳା ଅଭିଯୋଗରେ ସେ ସମୟର ଉପଜିଲ୍ଲାପାଳ ଓ ବର୍ତ୍ତମାନର ସୁନ୍ଦରଗଡ ଏଡିଏମ ୪ ଜଣ ଅଙ୍ଗନବାଡି କର୍ମଚାରୀଙ୍କୁ କାର୍ଯ୍ୟରୁ ବହିଷ୍କାର କରିବାର ୨୦ ମାସ ବିତିଲାଣି । ସମ୍ପୃକ୍ତ ୪ ଜଣ ଅଙ୍ଗନବାଡି କର୍ମଚାରୀ ନ୍ୟାୟ ଭିକ୍ଷା କରିବାକୁ ଯାଇ ସୁନ୍ଦରଗଡ ଜିଲ୍ଲାପାଳଙ୍କ ଅଫିସ ଠାରୁ ଆରମ୍ଭକରି ସୁନ୍ଦରଗଡ ଏଡିଏମ, ରାଉରକେଲା ଏଡିଏମଙ୍କ ଅଫିସକୁ ଦଉଡି ଦଉଡି ନ୍ୟାୟ ନପାଇ ଆଗାମୀ ୨୭ ତାରିଖ କିମ୍ବା ନଭେମ୍ବର ୩ ତାରିଖରୁ ଆନ୍ଦୋଳନକୁ ଓହ୍ଲାଇବାକୁ ନିଷ୍ପତି ନେବା ସହ ଏନେଇ ଜିଲ୍ଲା ପ୍ରଶାସନକୁ ଜଣାଇବା ପରେ ଜିଲ୍ଲା ପ୍ରଶାସନ ସେମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ ନାଲିଆଖି ଦେଖାଇଥିବାର ଅଭିଯୋଗ ହୋଇଛି । ଖବରରୁ ଜଣାପଡିଛି ଯେ, ଏକ ଆନ୍ଦୋଳନରେ ସାମିଲ ହେବା, କାର୍ଯ୍ୟରେ ଅବହେଳା ନେଇ ୨୦୧୯ ମସିହାରେ ମାନସି ଦାସ, ସାବିତ୍ରୀ ରଣା, ବାସନ୍ତୀ ସେଠୀ, ଅଞ୍ଜଳି ପଟେଲ ନାମକ ୪ ଜଣ ମହିଳା କର୍ମୀଙ୍କୁ ସେ ସମୟର ପାନପୋଷ ଉପଜିଲ୍ଲାପାଳ ଚାକିରୀରୁ ବହିଷ୍କାର କରିଥିଲେ ।୧୧-୧-୨୦୧୯ରୁ ଏମାନଙ୍କୁ ବହିଷ୍କାର କରାଜିବା ପରେ ଏମାନେ ନ୍ୟାୟ ପାଇବା ଲାଗି ବାରମ୍ବାର ଜିଲ୍ଲାପାଳଙ୍କ କାର୍ଯ୍ୟାଳୟର ଦ୍ୱାରସ୍ଥ ହୋଇଥିଲେ ।ପରେ ସେମାନେ ଅନ୍ୟାନ୍ୟ ଅଧିକାରୀ ମାନଙ୍କ ପାଖକୁ ମଧ୍ୟ ଯାଇଥିଲେ, ମାତ୍ର ସେମାନଙ୍କର ସମସ୍ୟାକୁ ସମାଧାନ ଆଜିଯାଏ କରାଗଲା ନାହିଁ । ତେବେ ରାଜ୍ୟ ସ୍ତରରେ ଏନେଇ ନିଷ୍ପତି ହେବାପରେ ଜିଲ୍ଲାର ଅଙ୍ଗନବାଡି କର୍ମୀ ସଂଗଠନ ପକ୍ଷରୁ ଆନ୍ଦୋଳନ ଲାଗି ନୋଟିସ୍ ଦେବାପରେ ରାଉରକେଲା ଆଇସିଡିଏସ ଅଧିକାରୀ ତାଙ୍କ ଚିଠିରେ ରାଉରକେଲାର କର୍ମୀ ମାନଙ୍କୁ ଆନ୍ଦୋଳନରୁ ନିବୃତ ରହିବାକୁ କହିବା ସହ ବହିଷ୍କୃତ କର୍ମୀ ମାନଙ୍କ ସହ ଆନ୍ଦୋଳନକୁ ଗଲେ କଠୋର କାର୍ଯ୍ୟାନୁଷ୍ଠାନ ନିଆଜିବ ବୋଲି କହିଥିବା ଅଭିଯୋଗ ହୋଇଛି । ଏହି ଖବର ଆସିବା ପରେ ଏହା ଗଣତନ୍ତ୍ରର କେଉଁ ନୀତି ବୋଲି ଏବେ ସାଧାରଣରେ ଆଲୋଚନା ହେଉଛି । ଗଣତନ୍ତ୍ରରେ ସମସ୍ତଙ୍କର ନୀରବତା ଓ ଶାନ୍ତିଶୃଙ୍ଖଳାର ସହ ଆନ୍ଦୋଳନ କରିବାର ଅଧିକାର ରହିଛି, କିନ୍ତୁ ଏଭଳି ନିର୍ଦ୍ଦେଶନାମା ବିଭିନ୍ନ ମହଲକୁ ଆଶ୍ଚର୍ଯ୍ୟ କରିଛି । ସମସ୍ତଙ୍କ ମୁହଁରେ ଗୋଟିଏ କଥା ଏ କି ପ୍ରକାର ଶାସନ ? ଅନ୍ୟପକ୍ଷରେ ଏହି ଅଙ୍ଗନବାଡି ସଂଗଠନ ବିଏମଏସ ସମର୍ଥରେ ରହିଥିବା ବେଳେ ବିଏମଏସର ଜିଲ୍ଲାସ୍ତରର କୌଣସି ନେତା ମଧ୍ୟ ଏନେଇ ମୁହଁ ନଖୋଲିବା ସଂଗଠନର ଦଳୀୟ ଏକତା ଉପରେ ଲାଗାଇଛି ବଡ ପ୍ରଶ୍ନବାଚୀ ।

ଏନେଇ ବିଜେପିର ରାଜ୍ୟ ମୁଖପାତ୍ର ଧୀରେନ ସେନାପତିଙ୍କୁ ଯୋଗାଯୋଗ କରାଜିବାରୁ ସେ କହିଲେ , ଏମାନେ ପଲିଟିକାଲ ଆକ୍ରୋଶର ଶୀକାର ହୋଇଛନ୍ତି । ସେମାନେ ଦଳ ସହ ସିଧା ସଳଖ ସମ୍ପୃକ୍ତ ନୁହନ୍ତି, ବିଏମଏସ ସହ ସେମାନେ ରହିଛନ୍ତି, ମୁଖ୍ୟମନ୍ତ୍ରୀ ସବୁ ବେଳେ ମହିଳାଙ୍କ କଥା କହିବା ସହ ସେମାନଙ୍କ ସୁରକ୍ଷା କଥା କହୁଛନ୍ତି , କିନ୍ତୁ ୨୦ ବର୍ଷ ଚାକିରୀ କଲାପରେ ଜଣେ ମହିଳାଙ୍କୁ କୌଣସି ଠୋସ୍ ପ୍ରମାଣ ନଥାଇ ବହିଷ୍କାର କରିଦେବା ତାହା କିଭଳି ନ୍ୟାୟ ବୋଲି ଶ୍ରୀ ସେନାପତି ପ୍ରଶ୍ନ କରିଛନ୍ତି । ଜଦି ଏନେଇ ଆଇସିଡିଏସ ଏଭଳି କିଛି କହିଛି ତେବେ ବିଜେପି ପ୍ରତିନିଧି ଦଳ ତାଙ୍କୁ ଭେଟିବ ବୋଲି ସେ ପ୍ରକାଶ କରିଛନ୍ତି । ସର୍ବୋପରି ଗଣତନ୍ତ୍ରରେ ସମସ୍ତଙ୍କର ଅଧିକାର ରହିଛି ନିଜର ସମସ୍ୟାର ସମାଧାନ କରିବାକୁ ସେମାନେ ଆଗକୁ ଆସିପାରିବେ, ସେମାନଙ୍କୁ ନାଲି ଆଖି ଦେଖାଇବା ଠିକ୍ ନୁହେଁ ।

ସେହିଭଳି ବିଜେପି ନେତା ନିହାର ରାୟ କହିଛନ୍ତି, ନିଜର ହକ୍ ମାଗିବାକୁ ଗଲେ ଏଭଳି କଥା ଯଦି କୁହାଜିବ ତେବେ ତାହା ଦୁର୍ଭାଗ୍ୟଜନକ କଥା, ଯଦି ସେମାନେ ଆନ୍ଦୋଳନକୁ ଜିବେ ତାଙ୍କୁ ବିଜେପି ତରଫରୁ ସମସ୍ତ ପ୍ରକାର ସହଯୋଗ କରାଜିବ ବୋଲି ସେ ପ୍ରକାଶ କରିଛନ୍ତି ।

# ଜିଲ୍ଲାସ୍ତରୀୟ, ୩୭ ତମ ବିଶ୍ୱ ଏଡସ ଦିବସ- ୨୦୨୪ ପାଳିତ




ଧର୍ମଗଡ଼,(ପି.ଏନ):କଳାହାଣ୍ଡି ଜିଲ୍ଲା ସ୍ତରୀୟ ୩୭ ତମ ବିଶ୍ୱ ଏଡସ ଦିବସ-୨୦୨୪ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଓ ବେଦାନ୍ତ ଆଲୁମିନିୟମ ତରଫରୁ ସ୍ଥାନୀୟ ଟାଉନ ହଲ ଭବାନୀପାଟଣା ଠାରେ ପାଳନ କରାଯାଇଛି । ଏହି ଅବସରେ ଜିଲ୍ଲା ସଦରମହକୁମା ମୁଖ୍ୟ ଚ଼ିକିତ୍ସାଳୟ ଠାରୁ ଏକ ସଚେତନତା ଶୋଭାଯାତ୍ରା ବାହାରି ଟାଉନ ହଲ ପର୍ଯ୍ୟନ୍ତ ପରିକ୍ରମା କରିଥିଲା । ଅତିରିକ୍ତ ଜିଲ୍ଲା ମୁଖ୍ୟ ଚ଼ିକିତ୍ସା ଅଧିକାରୀ ଡଃ ନିହାରେନ୍ଦ୍ର ପଣ୍ଡାଙ୍କ ଅଧ୍ୟକ୍ଷତାରେ ଟାଉନ ହଲ ଠାରେ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା । ଏଥିରେ ସମ୍ମାନିତ ଅତିଥିଭାବେ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ, ଡଃ ରାକେଶ ସାହୁ, ଜିଲ୍ଲା ସ୍ୱାସ୍ଥ୍ୟ କାର୍ଯ୍ୟକ୍ରମ ପରିଚ଼ାଳକ, ଭବାନୀ ଶଙ୍କର ସାହୁ, ଜିଲ୍ଲା ସୂଚ଼ନା ଓ ଲୋକସମ୍ପର୍କ ଅଧିକାରୀ ହଳଧର ନିଆଲ, ଏ ଜି ଏମ୍, ବେଦାନ୍ତ ସୁଜିତ୍ ସାହୁ, ସଚ଼ିନ ତୁଙ୍ଗେ,ସି ଏସ୍ ଆର୍, ବେଦାନ୍ତ, ଦିଲୀପ ପ୍ରଜାପତି, ମୁଖ୍ୟ ବକ୍ତା ଭାବେ ସତ୍ୟନାରାୟଣ ମହାପାତ୍ର ଯୋଗଦେଇ ବିଶ୍ୱ ଏଡସ ଦିବସ ପାଳନର ତାତ୍ପର୍ଯ୍ୟ ଉପରେ ଆଲୋକପାତ କରିଥିଲେ । ଏଡସ ଭଳି ଏକ ଦୁରାରୋଗ୍ୟ ବ୍ୟାଧିରୁ ବିଶେଷ କରି ଯୁବପିଢୀ ଛାତ୍ରଛାତ୍ରୀ କିପରି ନିଜକୁ ସୁରକ୍ଷିତ ରଖିବା ସହିତ ଅନ୍ୟଙ୍କୁ ସୁରକ୍ଷା କରାଯାଇ ପାରିବ ସେହି ଦିଗରେ ବ୍ୟାପକ ସଚେତନତାର ଆବଶ୍ୟକତାର ଗୁରୁତ୍ୟ ଥିବା ଉପରେ ଅତିଥିମାନେ ମତବ୍ୟକ୍ତ କରିଥିଲେ । ଜିଲ୍ଲା ଅତିରିକ୍ତ ମୁଖ୍ୟ ଚ଼ିକିତ୍ସା ଅଧିକାରୀ ଡଃ ପଣ୍ଡା ମାରାତ୍ମକ ରୋଗ ଏଡସର କାରଣ ଓ ତାର ନିରାକରଣ ସମ୍ପର୍କରେ ସୂଚ଼ନା ଦେଇଥିଲେ । ନିଜକୁ ସୁସ୍ଥ ରଖିବା ସହିତ ଏକ ନିରୋଗ ଓ ସୁସ୍ଥ ସମାଜ ଗଠନରେ ସମସ୍ତ ଙ୍କ ପାଇଁ ଯୋଗାର ଆବଶ୍ୟକତା ଥିବା ଡଃ ପଣ୍ଡା କହିଥିଲେ । ଏହି ସବୁ କାର୍ଯ୍ୟକ୍ରମ କୁ ଜିଲ୍ଲା ଏଚ଼ଆଇଭି, ଏଡସ ପରାମର୍ଶ ଦାତା ରାମଚ଼ନ୍ଦ୍ର ବସନ୍ତିଆ ପରିଚ଼ାଳନା କରିଥିଲେ । ଏହି ଅବସରରେ ଅନୁଷ୍ଠିତ କୁଇଜ୍ ପ୍ରତିଯୋଗିତା ର ସଫଳ ପ୍ରତିଯୋଗୀ ମାନଙ୍କୁ ପୁରସ୍କୃତ କରାଯାଇଥିଲା ଏବଂ ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା । ଶେଷରେ ରାମଚ଼ନ୍ଦ୍ର ବସନ୍ତିଆ ସମସ୍ତ ଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଲିମେଲା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଲିମେଲା ବ୍ଲକ ଦୂର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ୍ୟ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ୍ୟ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଉର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ୍ୟ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରାଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପର୍ଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧ୍ୟାପକ ଓ ଅଧ୍ୟାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧ୍ୟକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧ୍ୟାପକ, ଅଧ୍ୟାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟାପକ ଓ ଅଧ୍ୟାପିକାମାନଙ୍କ ଅଭିଯୋଗ ଆଧାରରେ ଅଧ୍ୟକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଳୁ କରିଛନ୍ତି ମହାବିଦ୍ୟାଳୟର ଅଧ୍ୟକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧ୍ୟାପକ, ଅଧ୍ୟାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧ୍ୟାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜି ଅଧ୍ୟାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧ୍ୟକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧ୍ୟାପକ, ଅଧ୍ୟାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧ୍ୟାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧ୍ୟକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧ୍ୟାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧ୍ୟକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧ୍ୟକ୍ଷ ଓ ଅଧ୍ୟାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।


MAHARISHI PUBLIC SCHOOL

2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2024

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

୨୬ତମ ପ୍ରତିଷ୍ଠା ଦିବସ ସମାରୋହ

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବର କାଗଜ

# ପର୍ଯ୍ୟବେକ୍ଷକ

Bhubaneswar Tuesday December 03 ଭୁବନେଶ୍ୱର ମଙ୍ଗଳବାର, ଡିସେମ୍ବର ୦୩,୨୦୨୪ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com 

## କିଟ୍‌ରେ ଅନ୍ତର୍ଜାତୀୟ ବିଶ୍ୱବିଦ୍ୟାଳୟ ବାଇଲାଟେରାଲ୍ କ୍ରିକେଟ ଶୃଙ୍ଖଳା ଉଦ୍‌ଘାଟିତ



ଭୁବନେଶ୍ୱର,(ପି.ଏନ): କିଟ୍ କ୍ରିକେଟ୍ ଷ୍ଟାଡିୟମରେ ଅନ୍ତର୍ଜାତୀୟ ବିଶ୍ୱବିଦ୍ୟାଳୟ ବାଇଲାଟେରାଲ୍ କ୍ରିକେଟ୍ ଶୃଙ୍ଖଳା ଆଜି ଉଦ୍‌ଘାଟିତ ହୋଇଯାଇଛି। ଭାରତୀୟ ବିଶ୍ୱବିଦ୍ୟାଳୟ ସଂଘ, କିଟ୍ ବିଶ୍ୱବିଦ୍ୟାଳୟ ଓ ଓଡ଼ିଶା କ୍ରିକେଟ ଆସୋସିଏସନ୍ ମିଳିତ ଆନୁକୂଲ୍ୟରେ ହେଉଥିବା ଏହି କ୍ରିକେଟ୍ ଶୃଙ୍ଖଳାକୁ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଉଦ୍‌ଘାଟନ କରିଥିଲେ। ପ୍ରଥମ ଥର ଲାଗି କିଟ୍ ବିଶ୍ୱବିଦ୍ୟାଳୟରେ ଏଭଳି ବାଇଲାଟେରାଲ୍ କ୍ରିକେଟ୍ ଶୃଙ୍ଖଳା ଆୟୋଜିତ ହେଉଥିବା ବେଳେ ଏଥିରେ ଭାରତ ଓ ଅଷ୍ଟ୍ରେଲିଆ ଯୋଗ ଦେଇଛନ୍ତି। ଭାରତର ବିଭିନ୍ନ ବିଶ୍ୱବିଦ୍ୟାଳୟ ଓ ଅଷ୍ଟ୍ରେଲିଆର ବିଭିନ୍ନ ବିଶ୍ୱବିଦ୍ୟାଳୟରୁ ବଛାବଛା ଖେଳାଳିମାନେ ଏଥିରେ ଅଂଶଗ୍ରହଣ କରିଛନ୍ତି। ଶୃଙ୍ଖଳାରେ ଡିସେମ୍ବର ୨ ଓ ୩ ତାରିଖରେ ତିନୋଟି ଟି-୨୦ ମ୍ୟାଚ୍ ଖେଳାଯିବାକୁ ଥିବାବେଳେ ଡିସେମ୍ବର ୫ ତାରିଖରେ ୫୦ ଓଭର ବିଶିଷ୍ଟ ଗୋଟିଏ ଦିନିକିଆ ମ୍ୟାଚ୍ ଖେଳାଯିବ। କିଟ୍ ପକ୍ଷରୁ ସମସ୍ତ ଖେଳାଳି, କୋଚ ଓ ଅଫିସିଆଲ୍‌ଙ୍କ ରହିବା ଓ ଆତିଥ୍ୟ ପ୍ରଦାନ କରାଯାଉଛି। ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ଭାରତୀୟ ବିଶ୍ୱବିଦ୍ୟାଳୟ ସଂଘର କ୍ରୀଡ଼ା ଯୁଗ୍ମ ସମ୍ପାଦକ ପ୍ରଫେସର ବଲଜିତ୍ ସିଂହ ଶେଖାଓଁ, ଅନ୍ତର୍ଜାତୀୟ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ସଂଘର କାର୍ଯ୍ୟକାରିଣୀ ସଦସ୍ୟ ତଥା ଅଷ୍ଟ୍ରେଲିଆ ବିଶ୍ୱବିଦ୍ୟାଳୟ କ୍ରୀଡ଼ା ଚେୟାର ଡାଭିଡ୍ ଆଷ୍ଟନ ସମୁଡ୍ ଓ କିଟ୍ କ୍ରୀଡ଼ା ମହାନିର୍ଦ୍ଦେଶକ ଡ. ଗଗନେନ୍ଦୁ ଦାଶ ପ୍ରମୁଖ ଉପସ୍ଥିତ ଥିଲେ। ଆଜି ଭାରତ ଟସ୍ ଜିଣି ପ୍ରଥମେ ଫିଲ୍ଡିଂ କରିବାକୁ ନିଷ୍ପତ୍ତି ନେଇଥିଲା। ଅଷ୍ଟ୍ରେଲିଆ ପ୍ରଥମେ ବ୍ୟାଟିଂ କରି ୧୯.୪ ଓଭରରେ ୧୪୯ ରନ୍ ସଂଗ୍ରହ କରିଥିବା ବେଳେ ଭାରତ ନିର୍ଦ୍ଧାରିତ ୨୦ ଓଭରରେ ୭ ୱିକେଟ ବିନିମୟରେ ୧୪୪ ରନ୍ ସଂଗ୍ରହ କରିବାକୁ ସକ୍ଷମ ହୋଇଥିଲା। ଏହି ମ୍ୟାଚରେ ଅଷ୍ଟ୍ରେଲିଆ ୫ ରନ୍‌ରେ ବିଜୟୀ ହୋଇଥିଲା। ଅଷ୍ଟ୍ରେଲିଆ ଦଳର ଅଧିନାୟକ କାଭି ସାଇନିଙ୍କୁ ମ୍ୟାନ୍ ଅଫ୍ ଦି ମ୍ୟାଚ୍ ଘୋଷଣା କରାଯାଇଥିଲା। ଆସନ୍ତା କାଲି ଉଭୟ ଦଳ ମଧ୍ୟରେ ୨ଟି ମ୍ୟାଚ୍ ଅନୁଷ୍ଠିତ ହେବ। ସକାଳ ୯.୩୦ ଓ ସନ୍ଧ୍ୟା ୫ଟା ୩୦ ମିନିଟ୍‌ରେ ଗୋଟିଏ ଲେଖାଏଁ ଟି-୨୦ ମ୍ୟାଚ୍ ଖେଳାଯିବ।

## ଓଡ଼ିଶା ବ୍ରାହ୍ମଣ ସମାଜର ତୃତୀୟ ବାର୍ଷିକ ବୈଠକ



ଖୋର୍ଦ୍ଧା(ପିଏନ): ଜିଲ୍ଲା ଶାଖା ପକ୍ଷରୁ ବେଗୁନିଆ ସଦର ମହକୁମା ସ୍ଥିତ ମା ବର ମୂଳେଇ ପୀଠରେ ଓଡ଼ିଶା ବ୍ରାହ୍ମଣ ସମାଜର ତୃତୀୟ ବାର୍ଷିକ ବୈଠକ ସମାଜସେବୀ ଶିଶିର କୁମାର ଆଚାର୍ଯ୍ୟଙ୍କ ଆବାହକତ୍ୱ ଓ ଅବସରପ୍ରାପ୍ତ ଫାର୍ମାସିଷ୍ଟ ଭାଗବତ ମହାପାତ୍ରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଛି। ଏଥିରେ ଅନ୍ତରାଷ୍ଟ୍ରୀୟ ବ୍ରାହ୍ମଣ ସମାଜର ସମ୍ପାଦକ ରାଜୀବ ଲୋଚ଼ନ ଷଡ଼ଙ୍ଗୀ ମୁଖ୍ୟ ଅତିଥି, ଜିଲ୍ଲା ସଭାପତି ହରି ପ୍ରସାଦ ହୋତା, ସମ୍ପାଦକ ମହେନ୍ଦ୍ର ଶତପଥି,ପ୍ରତିଷ୍ଠାତା ସଭାପତି ପଦ୍ମନାଭ ରଥ,ରାଜ୍ୟ ମଣ୍ଡଳ ସଭାପତି କୃଷ୍ଣ ଚନ୍ଦ୍ର ଦାଶ, ଅବସରପ୍ରାପ୍ତ ସେନା କର୍ମଚାରୀ ବସନ୍ତ କୁମାର ହୋତା ଓ ଶିକ୍ଷାବିତ ଲମ୍ବୋଦର ଶତପଥି ପ୍ରମୁଖ ଅତିଥି ଭାବେ ଯୋଗ ଦେଇ ବେଗୁନିଆ ନିର୍ବାଚ଼ନ ମଣ୍ଡଳୀରେ ବ୍ରାହ୍ମଣ ମାନଙ୍କୁ ଏକତ୍ରୀକରଣ କରି ସମାଜର ଉନ୍ନତି କାର୍ଯ୍ୟ କରିବ ବୋଲି ଅତିଥି ମାନେ ମତ ପ୍ରକାଶ କରିଥିଲେ । ଏପରିକି ଗ୍ରାମାଞ୍ଚଳରେ ଥିବା ଗରିବ ବ୍ରାହ୍ମଣ ପରିବାରର ପିଲାଙ୍କୁ ବ୍ରତୋପନୟନ, ଆର୍ଥିକ ଅନଗ୍ରସର କ୍ଷେତ୍ରରେ ଅସହାୟ ପରିବାରକୁ ସହାୟତା,ବେଦ ଶିକ୍ଷା ଓ ସଂସ୍କାର ମୂଳକ କାର୍ଯ୍ୟ କରିବା ଉପରେ ଗୁରୁତ୍ୱ ଦେବା ପାଇଁ ପ୍ରସ୍ତାବ ଆଗତ ହୋଇଥିଲା। ଆଗାମୀ ଦିନରେ ପ୍ରତି ଗ୍ରାମର ବ୍ରାହ୍ମଣଙ୍କୁ ଏକତ୍ରିକରଣ କାର୍ଯ୍ୟ ସହ ସଂଗଠନକୁ ସୁଦୃଢ଼ କରି କର୍ମକର୍ତ୍ତା ଚ଼ୟନ କରିବାକୁ ନିଷ୍ପତ୍ତି ହୋଇଥିଲା ।

## ବିଜ୍ଞାପନ ପ୍ରଦାନ ପାଇଁ ପ୍ରଧାନମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କଲା ଓଡିଶା କ୍ଷୁଦ୍ର ଓ ମାଧ୍ୟମ ସମ୍ବାଦପତ୍ର ସଂଗଠନ



ଭୁବନେଶ୍ୱର,(ପି.ଏନ): ଭାରତ ବର୍ଷର ବିଭିନ୍ନ ଅଞ୍ଚଳରୁ ପ୍ରକାଶ ପାଉଥିବା କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ରଗୁଡିକ ପ୍ରାୟତଃ ସରକାରୀ ବିଜ୍ଞାପନ ଉପରେ ନିର୍ଭର କରିଥାନ୍ତି । ୨୦୧୫ ପର୍ଯ୍ୟନ୍ତ ଡିଏଭିପି ପକ୍ଷରୁ କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ରଗୁଡିକୁ ଜାତୀୟ ଦିବସ ତଥା ସ୍ୱାଧୀନତା ଓ ସାଧାରଣତନ୍ତ୍ର ଦିବସ, ଆମ୍ବେଦକର ଓ ଗାନ୍ଧୀ ଜୟନ୍ତୀ ଭଳି ଦିବସ ମାନଙ୍କରେ ବିଜ୍ଞାପନ ଡିଏଭିପି ଜରିଆରେ ପ୍ରଦାନ କରି ଆସୁଥିଲେ। କିନ୍ତୁ ଦୁର୍ଭାଗ୍ୟର କଥା, ଭାଜପା ସରକାର ଗଠନ ହେବା ପରେ ସମ୍ପୃକ୍ତ ଖବରକାଗଜଗୁଡ଼ିକୁ ବିଜ୍ଞାପନ ପ୍ରଦାନ କରାଗଲା ନାହିଁ । ଏଠାରେ ଉଲ୍ଲେଖ କରାଯାଇପାରେ, ବୃହତ ପ୍ରସାରଣ ଦାବି କରୁଥିବା ସମ୍ବାଦପତ୍ରଗୁଡିକୁ ବିଭିନ୍ନ କର୍ପୋରେଟ୍ ହାଉସ ଓ ସରକାର ବିପୁଳ ପରିମାଣରେ ବିଜ୍ଞାପନ ପ୍ରଦାନ କରିଥାନ୍ତି। ଛୋଟ ଛୋଟ କାଗଜଗୁଡିକ ଏଥିରୁ ପ୍ରାୟତଃ ବଂଚ଼ିତ ହେଉଛନ୍ତି। ପୂର୍ବରୁ ଯେଉଁ ବିଜ୍ଞାପନ ଗୁଡିକ ସରକାରୀ କ୍ଷେତ୍ରରେ ମିଳୁଥିଲା ତାହା ବନ୍ଦ ହୋଇଯିବାରୁ ବହୁ ଖବରକାଗଜ ପ୍ରକାଶନ ବନ୍ଦ ହେବାକୁ ଲାଗିଲାଣି। ତେଣୁ କେନ୍ଦ୍ର ସରକାର ଏ ଦିଗରେ ଅଧିକ ଦୃଷ୍ଟି ଦେଇ ଦେଶର ବିଭିନ୍ନ ଅଞ୍ଚଳରୁ ପ୍ରକାଶ ପାଉଥିବା ସମ୍ବାଦପତ୍ରଗୁଡିକୁ ପୂର୍ବରୁ ଦିଆଯାଉଥିବା ବିଜ୍ଞାପନ ଗୁଡିକ ପ୍ରଦାନ କଲେ ଆର୍ଥିକ ସ୍ଥିତି ସୁଧାରିପାରିବ । ଫଳରେ ବହୁ ସମ୍ବାଦପତ୍ର ପ୍ରକାଶନ ବନ୍ଦ ହେବାକୁ ଯାଉଛି ବୋଲି ଓଡିଶାର କ୍ଷୁଦ୍ର ଓ ମଧ୍ୟମ ସମ୍ବାଦପତ୍ରର ସଭାପତି ରବି ରଥ ଭାରତର ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କୁ ଚ଼ିଠି ଲେଖି ଅବଗତ କରାଇଛନ୍ତି । ଏଥିସହ କେନ୍ଦ୍ର ସୂଚ଼ନା ଓ ପ୍ରସାରଣ ବିଭାଗ ମନ୍ତ୍ରୀ ଅଶ୍ୱିନୀ ବୈଷ୍ଣବ, କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଆଦିବାସୀ କଲ୍ୟାଣ ବିଭାଗ ମନ୍ତ୍ରୀ ଜୁଏଲ ଓରାମଙ୍କ ସମେତ ରାଜ୍ୟର ପ୍ରମୁଖ ସାଂସଦମାନଙ୍କ ଦୃଷ୍ଟି ଆକର୍ଷଣ କରାଯାଇଛି ।

## ପାରାଦୀପ ମିଡ଼ିଆ କ୍ରିକେଟ୍ ଟିମ୍ ଓ ଏଲ୍‌ଆଣ୍ଡଟି ଜିଓ ଷ୍ଟ୍ରକ୍‌ଚ଼ର ମଧ୍ୟରେ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ୍ ମ୍ୟାଚ୍



ପାରାଦୀପ,(ପି.ଏନ): ପାରାଦୀପ ମିଡ଼ିଆ କ୍ରିକେଟ୍ ଟିମ୍ ଓ ଏଲ୍‌ଆଣ୍ଡଟି ଜିଓ ଷ୍ଟ୍ରକ୍‌ଚ଼ର ମଧ୍ୟରେ ଏକ ବନ୍ଧୁତ୍ୱପୂର୍ଣ୍ଣ କ୍ରିକେଟ୍ ମ୍ୟାଚ୍ ରବିବାର ଦିନ ସ୍ଥାନୀୟ ଜୟଦେବ ସଦନ ପଡିଆରେ ଅନୁଷ୍ଠିତ ହୋଇଯାଇଛି କ୍ଷ ସୀମିତ ୧୦ ଓଭର ବିଶିଷ୍ଟ ମ୍ୟାଚ୍ ରେ ମିଡ଼ିଆ ଟିମ ର ଅଧିନାୟକ ପ୍ରଶାନ୍ତ କୁମାର ସ୍ୱାଇଁ ଓ ଏଲଆଣ୍ଡଟି ଜିଓ ଟିମ ର ଅଧିନାୟକ ବିଜୟ ଜୟରାଜ ଙ୍କ ନେତୃତ୍ୱରେ ଆୟୋଜିତ ଏହି ମ୍ୟାଚ୍ ରେ ଟସ୍ ଜିତି ପ୍ରଥମେ ପାରାଦୀପ ମିଡ଼ିଆ କ୍ରିକେଟ୍ ଟିମ୍ ବ୍ୟାଟିଂ କରିବାକୁ ନିଷ୍ପତି ନେଇଥିଲା କ୍ଷ ନିର୍ଦ୍ଧାରିତ ୧୦ ଓଭରରେ ଦଳ ତାର ମୁଲ୍ୟବାନ ୬ ଉଇକେଟ୍ ହରାଇ ରାକେଶ ପଟନାୟକ ଓ ସତ୍ୟ ପରିଡ଼ା ଙ୍କ ଯୋଡି ୧୯୯ ରନ୍ ସଂଗ୍ରହ କରିଥିଲା କ୍ଷ ଦିତୀୟ ଇଂନିସ୍ ରେ ଏଲ୍‌ଆଣ୍ଡଟି ଜିଓ ଷ୍ଟ୍ରକ୍‌ଚ଼ର୧୯୯ ରନ୍ କୁ ପିଛା କରି ୧ ଉଇକେଟ୍ ବିନିମୟରେ ମାତ୍ର ? ୯ ଓଭର ୨ ଟି ବଲରେ ୨୦୨ ରନ୍ ସଂଗ୍ରହ କରି ବିଜୟ ହାସଲ କରିଥିଲା। ଏଲଆଣ୍ଡଟି ର ଅଜିତ୍ ମିଶ୍ର, ଅଭିନାଶ ପାଣ୍ଡେ ଓ ସନ୍ତୋଷ ପ୍ରଧାନ ଙ୍କ ଦ୍ୱାରା ଧୁଆଁ ଧାର ବ୍ୟାଟିଂ ପ୍ରଦର୍ଶନ ଦେଖିବାକୁ ମିଳିଥିଲା। ବନ୍ଧୁତାପୂର୍ଣ୍ଣ ଏହି ମ୍ୟାଚ୍‌ରେ ଦୁଇ ଅମ୍ପାୟାର ଆଲୋକ ମହାପାତ୍ର ଓ ବିକାଶ ବିଶ୍ୱାଳ ଖେଳକୁ ସୁଚାରୁ ରୂପେ ପରିଚ଼ାଳନା କରିଥିଲେ। ତେବେ ନିୟମିତ ବ୍ୟବଧାନରେ ପାରାଦୀପ ମିଡ଼ିଆ କ୍ରିକେଟ ଟିମ ଦ୍ୱାରା ଏପରି କ୍ରିକେଟ ମ୍ୟାଚ୍ ଆୟୋଜନ କୁ ସାଧାରଣରେ ପ୍ରଶଂସା କରାଯାଇଛି ।

## ଘରୋଇ ହିଂସା ମୁକାବିଲା ସମ୍ବନ୍ଧୀୟ ସଚେତନତା କର୍ମଶାଳା




ଧର୍ମଗଡ଼ (ପ୍ର ଏନ): ଭବାନୀପାଟଣା ମହିଳା ସ୍ୱୟଂ ଶାସିତ ମହାବିଦ୍ୟାଳୟରେ ଘରୋଇ ହିଂସା ମୁକାବିଲା ସମ୍ବନ୍ଧୀୟ ସଚେତନତା କାର୍ମଶାଳା ଅନୁଷ୍ଠିତ ହୋଇଥିଲା । ଜିଲ୍ଲା ସମାଜ କଲ୍ୟାଣ କାର୍ଯ୍ୟାଳୟ, କଳାହାଣ୍ଡି ଆନୁକୂଲ୍ୟରେ ଆୟୋଜିତ ଏହି କର୍ମଶାଳାରେ ମହିଳାଙ୍କ ସହ ହେଉଥିବା ଘରୋଇ ହିଂସା, ମାନସିକ ତଥା ଶାରୀରିକ ଅତ୍ୟାଚ଼ାର ବିରୋଧରେ ସଚେତନତା ସୃଷ୍ଟି କରିବା ,ବାଲ୍ୟ ବିବାହ, ଶିଶୁ ଶ୍ରମିକ ନିରାକରଣ, ଡାହାଣୀ ପ୍ରଥା ପ୍ରତି ସଚେତନତା ଇତ୍ୟାଦି ମୁଖ୍ୟ ବିଷୟବସ୍ତୁଗୁଡିକୁ ଆଲୋଚ଼ନା କରାଯାଇଥିଲା। ଉକ୍ତ କର୍ମଶାଳାରେ ଜିଲ୍ଲା ସମାଜ କଲ୍ୟାଣ ଅଧିକାରିଣୀ ଶ୍ରୀମତୀ ମୁଜିବୁନ ନିଶା, ମହିଳା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଯୁକ୍ତ ତ୍ରିଲୋଚ଼ନ ଜେନା , ଜିଲ୍ଲା ଶିଶୁ ସୁରକ୍ଷା ଅଧିକାରୀ ଶ୍ରୀଯୁକ୍ତ ଶୈଳେନ୍ଦୁ ଶେଖର ମହାପାତ୍ର, ଶିଶୁ ମଙ୍ଗଳ କମିଟି ଅଧକ୍ଷ ଶ୍ରୀଯୁକ୍ତ ରୁପେଶ ହୋତା, କିଶୋର ନ୍ୟାୟ ବୋର୍ଡ଼ ମେମ୍ବର ସ୍ୱର୍ଣ୍ଣଲତା ମହାନ୍ତି , ପ୍ରୋଟେକଶନ ଅଫିସର ଶ୍ରୀମତୀ ନାମିତା ପଲ, ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ନିୟତିବାଳା ସୋରେନ ଉପସ୍ଥିତ ରହି ଅଂଶଗ୍ରହଣକାରୀମାନଙ୍କୁ ସଂଯମରେ ଦେଖାଯାଉଥିବା ଘରୋଇ ହିଂସା, ମାନସିକ ତଥା ଶାରୀରିକ ଅତ୍ୟାଚ଼ାର ଏବଂ ବାଲ୍ୟ ବିବାହ, ଶିଶୁ ଶ୍ରମିକ ନିରାକରଣ, ଡାହାଣୀ ପ୍ରଥାଗୁଡିକ ଉପରେ ସଚେତନତା ସୃଷ୍ଟି କରିଥିଲେ ଏବଂ ଏସବୁ ପାଇଁ ସରକାରଙ୍କର ବିଭିନ୍ନ କାର୍ଯ୍ୟକ୍ରମ ଉପରେ ଆଲୋକପାତ କରିଥିଲେ । ଶକ୍ତି ଅନୁଷ୍ଠାନର କୋଡିନେଟର ସୁଜିତ ସେନ ବାଲ୍ୟ ବିବାହକୁ ରୋକିବା ପାଇଁ ଶପଥ ପାଠ କରାଇଥିଲେ । ଏହି କାର୍ଯ୍ୟକ୍ରମରେ ପାଞ୍ଚଶହ ବାଳିକା ଯୋଗଦାନ କରିଥିଲେ । ଏହି କାର୍ଯ୍ୟକ୍ରମରେ ଜିଲ୍ଲା ସଂଯୋଜକ ଦିବ୍ୟରଞ୍ଜନ ଯୋଷି ସଭା କାର୍ଯ୍ୟ ପରିଚ଼ାଳନା କରିଥିଲେ ଏବଂ ୱାନ ଷ୍ଟପସେଣ୍ଟରର ଶଖୀ ପରିଚ଼ାଳିକା ବିନୀତ ଦାସ ସମସ୍ତଙ୍କୁ ଧନ୍ୟବାଦ ଜଣାଇଥିଲେ।




Printed & Puböished by Budhadev Mohapatra on behaöf of Hiranmayee Media Pvt. Ötd. & Printed at Mayur Offset Printers, Pöot No. D-1/1, Mancheswar Industriaö Estate, Bhubaneswar-751<0 & Puböished at N-4, F/24, IRC Viööage, Nayapaööi, Bhubaneswar, Dist-Khordha, Pin-751<5, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray